ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK    ପର୍ଯ୍ୟବେକ୍ଷକ

visit us at
www.paryabekhyak.com

FIND US ON facebook.com/paryabekhyak
FOLLOW US ON TWITTER twitter.com/paryabekhyak

Vol.25 . No.185 Bhubaneswar Friday September 09 2022 | ୨୫ତମ ବର୍ଷ ସଂଖ୍ୟା–୧୮୫ ଭୁବନେଶ୍ୱର, ଶୁକ୍ରବାର, ସେପ୍ଟେମ୍ବର ୦୯, ୨୦୨୨ (୮ ପୃଷ୍ଠା) ମୂଲ୍ୟ–୧.୫୦ ₹ 1.50 (Air Surcharge - 0.50P) Member-INS

## ‘ମାମୁ-ଭଣଜା’ ଘାଇର ବିବାଦୀୟ ବିଧାୟକ ହେଲେ ରାଜ୍ୟ ବନ୍ୟା ନିୟନ୍ତ୍ରଣ ବୋର୍ଡ ଉପଦେଷ୍ଟା



ଭୁବନେଶ୍ୱର,୮।୯(ପି.ଏନ): ଯାଜପୁର ଜିଲ୍ଲାର କେଲୁଅ ନଦୀରେ ୨୦୨୦ ମସିହାର ବହୁଚର୍ଚ୍ଚିତ ‘ମାମୁ ଭଣଜା’ ଘାଇକୁ ନେଇ ବିବାଦୀୟ ଧର୍ମଶାଳା ବିଧାୟକ ପ୍ରଣବ ବଳବନ୍ତରାୟଙ୍କୁ ରାଜ୍ୟ ବନ୍ୟା ନିୟନ୍ତ୍ରଣ ବୋର୍ଡର ବୈଷୟିକ ଉପଦେଷ୍ଟା କମିଟିରେ ସଦସ୍ୟ ଭାବେ ରାଜ୍ୟ ସରକାର ସାମିଲ କରିଛନ୍ତି। ଏନେଇ ଜଳସମ୍ପଦ ବିଭାଗ ପକ୍ଷରୁ ବିଧିବଦ୍ଧ ବିଜ୍ଞପ୍ତି ଜାରି ହେବାପରେ ରାଜ୍ୟ ସରକାରଙ୍କ ଆଭିମୁଖ୍ୟକୁ ନେଇ ପ୍ରଶ୍ନ ଉଠିଛି। ୨୦୨୦ ମସିହାରେ ଧର୍ମଶାଳାର ରାମପୁର ଅଂଚଳରେ କେଲୁଅ ନଦୀରେ ପ୍ରାୟ ୩୦୦ଫୁଟ୍ ଘାଇ ମନୁଷ୍ୟକୃତ ବୋଲି ଅଭିଯୋଗ ହୋଇଥିଲା । ଏପରିକି ସ୍ଥାନୀୟ ବିଧାୟକ ଶ୍ରୀ ବଳବନ୍ତରାୟଙ୍କ ସମେତ ତାଙ୍କ ମାମୁ ତଥା ଜେଇ ନରେନ୍ ଜେନା ଓ ମୋଟ ୬ଜଣଙ୍କୁ ଏହି ମାମଲାରେ ଲୋକାୟୁକ୍ତ ନୋଟିସ୍ ମଧ୍ୟ ଜାରି କରିଥିଲେ।ସୂଚନା ଅନୁସାରେ, ରାଜ୍ୟ ବନ୍ୟା ନିୟନ୍ତ୍ରଣ ବୋର୍ଡର ବୈଷୟିକ ଉପଦେଷ୍ଟା କମିଟିର ସଦସ୍ୟ ଭାବେ ପ୍ରମିଳା ମଲ୍ଲିକ କାର୍ଯ୍ୟ କରୁଥିଲେ । କିନ୍ତୁ ସେ ରାଜସ୍ୱ ମନ୍ତ୍ରୀ ହେବା ପରେ ତାଙ୍କ ସ୍ଥାନରେ ଧର୍ମଶାଳା ବିଧାୟକ ଶ୍ରୀ ବଳବନ୍ତରାୟଙ୍କୁ ଏହି ଉପଦେଷ୍ଟା କମିଟିର ସଦସ୍ୟ ଭାବେ ରାଜ୍ୟ ସରକାର ନିଯୁକ୍ତି ଦେଇଛନ୍ତି ।ତେବେ ଶ୍ରୀ ବଳବନ୍ତରାୟଙ୍କୁ ଏଭଳି ଗୁରୁତ୍ୱପୂର୍ଣ୍ଣ ନିଯୁକ୍ତିକୁ ନେଇ ସୂଚ଼ନାକର୍ମୀ ସର୍ବେଶ୍ୱର ବେହୁରା ଆଶ୍ଚର୍ଯ୍ୟ ବ୍ୟକ୍ତ କରିବା ସହ କଡା ପ୍ରତିକ୍ରିୟା ଦେଇ କହିଛନ୍ତି ଯେ, ନବୀନ ପଟ୍ଟନାୟକ ସରକାର ସ୍ୱଚ୍ଛ ଓ ଫାଇଭ-ଟି ଶାସନର ପ୍ରଚ଼ାର କରୁଛନ୍ତି । କିନ୍ତୁ ଏ ସରକାରରେ ଯିଏ ଯେତେ ଦୁର୍ନୀତିଗ୍ରସ୍ତ ତାଙ୍କୁ ସେତେ ବଡ ପଦବୀ ଓ ଗୁରୁତ୍ୱ ମିଳୁଛି । ଦୁର୍ନୀତିଗ୍ରସ୍ତ ବେଶୀ ଆଗରେ ରହୁଛନ୍ତି ବୋଲି ସେ କହିଛନ୍ତି । କେଲୁଅ ନଦୀରେ କୃତ୍ରିମ ଘାଇ ହେବାର ଅଭିଯୋଗ କରି ଶ୍ରୀ ବେହୁରା ଲୋକାୟୁକ୍ତଙ୍କ ଦ୍ୱାରସ୍ଥ ହୋଇ ନ୍ୟାୟ ଦାବି କରିଥିଲେ । ଶ୍ରୀ ବେହୁରା କହିଛନ୍ତି ଯେ, ଭିଜିଲାନ୍ସ ତଦନ୍ତ ପରେ ଏହି କେସକୁ ଲୋକାୟୁକ୍ତ ବନ୍ଦ କରିଦେଇଛନ୍ତି । ମାତ୍ର ଏହି ଘାଇ ହେବା ପରେ ପରେ ତତକାଳୀନ ମୁଖ୍ୟ ସଚ଼ିବ ଓ ଯାଜପୁର ଜିଲ୍ଲାପାଳ ଯେଉଁ ୨ଜଣ ଗିରଫ ହୋଇଛନ୍ତି ବୋଲି କହିଥିଲେ ଗଣମାଧ୍ୟମକୁ କହିଥିଲେ, ସେମାନେ କିଏ ଏପର୍ଯ୍ୟନ୍ତ ଜଣାପଡିଲା ନାହିଁ । ସ୍ଥାନୀୟ ବିଧାୟକଙ୍କ ଚ଼ାପରେ ଏହି କେଲୁଅ ନଦୀ ବନ୍ଧ ଭଙ୍ଗା(ମାମୁ ଭଣଜା ଘାଇ) ମାମଲା ଅଧିକ ଆଗେଇ ପାରିଲା ନାହିଁ ବୋଲି ସେ ମତ ବ୍ୟକ୍ତ କରିଛନ୍ତି ।ସୂଚ଼ନାଯୋଗ୍ୟ, କେଲୁଅ ନଦୀରେ ‘ମାମୁ ଭଣଜା’ ଘାଇ ଯୋଗୁ ପ୍ରାୟ ୭ଟି ପଂଚ଼ାୟତର ୫୦ହଜାର ଲୋକେ ପ୍ରଭାବିତ ହୋଇଥିଲେ। ଶ୍ରୀ ବେହୁରାଙ୍କ ଅଭିଯୋଗ ଆଧାରରେ ଲୋକାୟୁକ୍ତ ଏହି ଘାଇ ଭଙ୍ଗାର ଭିଜିଲାନ୍ସ ତଦନ୍ତ ନିର୍ଦ୍ଦେଶ ଦେଇଥିଲେ। ଏହି ଭିଜିଲାନ୍ସ ରିପୋର୍ଟକୁ ଆଧାର କରି ଅଭିଯୁକ୍ତମାନଙ୍କୁ ଲୋକାୟୁକ୍ତ କ୍ଲିନଚ଼ିଟ ଦେଇଥିବା ଜଣାପଡିଛି।

## ଭିଜିଲାନ୍ସ ଜାଲରେ ଦୁଇ ଜୁନିଅର ଆସିଷ୍ଟାଣ୍ଟ, ମିଳିମିଶି ନେଉଥିଲେ ଲାଞ୍ଚ



ବ୍ରହ୍ମପୁର,୮।୯(ପି.ଏନ): ଜଣେ ଅବସରପ୍ରାପ୍ତ ସରକାରୀ କର୍ମଚ଼ାରୀଙ୍କ ଠାରୁ ଲାଞ୍ଚ ନେବା ବେଳେ ଦୁଇ ଜଣ ଜୁନିଅର ଆସିଷ୍ଟାଣ୍ଟ ଭିଜିଲାନ୍ସ ହାତରେ ଧରାପଡିଛନ୍ତି। ସେମାନେ ହେଉଛନ୍ତି ଗଞ୍ଜାମ ଜିଲ୍ଲା ଶିକ୍ଷାଧିକାରୀଙ୍କ ଅଫିସ୍‌ର ସୁଶୀଲ କୁମାର ପଟ୍ଟନାୟକ ଓ ଆସିକା ବ୍ଲକ୍ ଜୟପୁର ହାଇସ୍କୁଲ୍‌ର ପ୍ରଦୀପ କୁମାର ମହାନ୍ତି ।ଜୟପୁର ହାଇସ୍କୁଲ୍‌ରେ ଲ୍ୟାବ ଆଟେଣ୍ଡାଣ୍ଟ ଭାବେ କାର୍ଯ୍ୟ କରୁଥିବା କାଳୀଚ଼ରଣ ପାଣିଗ୍ରାହୀ ଗତ ମେ’ ମାସରେ ଅବସର ଗ୍ରହଣ କରିଥିଲେ। ପେନସନ୍ କରାଇ ଦେବା ପାଇଁ ସେ ସ୍କୁଲ୍‌ର ଜୁନିଅର ଆସିଷ୍ଟାଣ୍ଟ ପ୍ରଦୀପ କୁମାର ମହାନ୍ତିଙ୍କ ନିକଟକୁ ଯାଇଥିଲେ। ଏହି କାମ ଜିଲ୍ଲା ଶିକ୍ଷାଧିକାରୀଙ୍କ କାର୍ଯ୍ୟାଳୟର ଜୁନିଅର ଆସିଷ୍ଟାଣ୍ଟ ସୁଶୀଲ କୁମାର ପଟ୍ଟନାୟକଙ୍କ ଦ୍ୱାରା ହେବ ବୋଲି କହିବା ସହିତ ପ୍ରଦୀପ ୧୦ ହଜାର ଟଙ୍କା ମାଗିଥିଲେ ।ଘଟଣା ସଂପର୍କରେ କାଳୀଚ଼ରଣ ଭିଜିଲାନ୍ସରେ ଅଭିଯୋଗ କରିଥିଲେ। ଯୋଜନା ମୁତାବକ ଆଜି କାଳୀଚ଼ରଣ ବ୍ରହ୍ମପୁର ଡିଇଓ ଅଫିସ୍ ?କୁ ଆସିଥିଲେ। ସେଠାରେ ପ୍ରଦୀପ ମଧ୍ୟ ଉପସ୍ଥିତ ଥିଲେ। ସୁଶୀଲ ଓ ପ୍ରଦୀପ ଲାଞ୍ଚ ଅର୍ଥ ଗ୍ରହଣ କରିବା ବେଳେ ଭିଜିଲାନ୍ସ ସେମାନଙ୍କୁ ଧରିଥିଲା। ସୁଶୀଲଙ୍କ ପାଖରୁ ୭୦୦୦ ଟଙ୍କା ଓ ପ୍ରଦୀପଙ୍କ ପାଖରୁ ୩୦୦୦ ଟଙ୍କା ଜବତ କରିଛି ଭିଜିଲାନ୍ସ।

## ଅଗଷ୍ଟରେ ୮୦ ଲକ୍ଷ ଟଙ୍କା ଲୁଟିଛନ୍ତି ସାଇବର ଠକ

ଭୁବନେଶ୍ୱର, ୮।୯(ପି.ଏନ): ଅଗଷ୍ଟ ମାସରେ ଭୁବନେଶ୍ୱରରେ ହୋଇଥିବା ସାଇବର ଠକେଇର ରିପୋର୍ଟ ପ୍ରକାଶ ପାଇଛି । ରିପୋର୍ଟ ଅନୁଯାୟୀ ଅଗଷ୍ଟ ମାସରେ ସାଇବର ଠକମାନେ ୭୯ ଲକ୍ଷ ୯୮ ହଜାର ଟଙ୍କା ଲୁଟିଛନ୍ତି। ଏହାମଧ୍ୟରୁ ମାତ୍ର ୬ ଲକ୍ଷ ୧୧ ହଜାର ଟଙ୍କା ଫେରସ୍ତ ଆସିପାରିଛି। ମାସକରେ ସାଇବର ଠକେଇ ସମ୍ପର୍କିତ ମୋଟ ୩୪୪ କଲ୍ ଆସିଥିବା ବେଳେ ସର୍ବାଧିକ ୧୧୦ଟି ଡେବିଟ୍ କାର୍ଡ ଠକେଇ ମାମଲା ରହିଛି।

## ଚାନ୍ଦିପୁରରୁ କ୍ୟୁଆରଏସଏଏମ୍ ର ସଫଳ ପରୀକ୍ଷଣ

ଭୁବନେଶ୍ୱର, ୮।୯(ପି.ଏନ): ପ୍ରତିରକ୍ଷା ଅନୁସନ୍ଧାନ ଏବଂ ବିକାଶ ସଂଗଠନ (ଡିଆରଡିଓ) ଏବଂ ଭାରତୀୟ ସେନା ଓଡ଼ିଶା ଉପକୂଳର ଚାନ୍ଦିପୁର ସ୍ଥିତ ସମନ୍ୱିତ ପରୀକ୍ଷଣ ଘାଟି (ଆଇଟିଆର)ରୁ କୁଇକ୍ ରିଆକ୍ସନ୍ ସର୍ଫେସ୍ ଟୁ ଏୟାର ମିସାଇଲ୍ (କ୍ୟୁଆରଏସଏଏମ) ବ୍ୟବସ୍ଥାର ପରୀକ୍ଷଣକୁ ସଫଳତାର ସହ ସମାପ୍ତ କରିଛନ୍ତି। ଭାରତୀୟ ସେନା ଦ୍ୱାରା ମୂଲ୍ୟାଙ୍କନ ପରୀକ୍ଷଣର ଏକ ଅଂଶ ଭାବରେ ଏହି ପରୀକ୍ଷା କରାଯାଇଥିଲା ।ବିଭିନ୍ନ ପରିସ୍ଥିତିରେ ଅସ୍ତ୍ରଶସ୍ତ୍ରର ମାରକ କ୍ଷମତାକୁ ଆକଳନ କରିବା ପାଇଁ ବିଭିନ୍ନ ପ୍ରକାରର ବିପଦକୁ ଠାବ ସହିତ ଆକାଶରେ ଆସୁଥିବା ଦ୍ରୁତଗାମୀ ଲକ୍ଷ୍ୟ ବିରୁଦ୍ଧରେ ଏହି ପରୀକ୍ଷା କରାଯାଇଥିଲା, ଯେଉଁଥିରେ ଦୂରଗାମୀ ମଧ୍ୟମ ଉଚ୍ଚତା, ସ୍ୱଳ୍ପ ଦୂରତା, ଅଧିକ ଉଚ୍ଚତାରେ ଲକ୍ଷ୍ୟକୁ ପରିଚାଳନା, କମ୍ ଉଚ୍ଚତାରେ ରାଡାର ଦ୍ୱାରା ଏହାକୁ ଠାବ କରିବା ସହିତ ଲକ୍ଷ୍ୟଭେଦ ଏବଂ ସାମୂହିକ ଭାବେ ଦୁଇଟି କ୍ଷେପଣାସ୍ତ୍ରକୁ କ୍ରମାଗତ ଭାବରେ ଛଡାଯାଇଥିଲା । ଉଭୟ ଦିନ ଓ ରାତି ପରିସ୍ଥିତିରେ ଏହାର କାର୍ଯ୍ୟଦକ୍ଷତାକୁ ମଧ୍ୟ ମୂଲ୍ୟାଙ୍କନ କରାଯାଇଥିଲା ।ଏହି ପରୀକ୍ଷଣ ସମୟରେ, ଅତ୍ୟାଧୁନିକ ନିୟନ୍ତ୍ରଣ ବ୍ୟବସ୍ଥା ଏବଂ ୱାରହେଡ୍ ଚେନ୍ ସହିତ କଂଟ୍ରୋଲ୍ ଆଲଗୋରିଦମ ଅସ୍ତ୍ର ପ୍ରଣାଳୀର ଶତ ପ୍ରତିଶତ ସଠିକତାର ସହ ମିଶନର ସମସ୍ତ ଉଦ୍ଦେଶ୍ୟ ପୂରଣ ହୋଇଥିଲା । ଆଇଟିଆର ଦ୍ୱାରା ନିୟୋଜିତ ଟେଲିମେଟ୍ରି, ରାଡାର ଏବଂ ଇଲେକ୍ଟ୍ରୋ ଅପ୍ଟିକାଲ୍ ଟ୍ରାକିଂ ସିଷ୍ଟମ୍ (ଇଓଟିଏସ୍) ପରି ଅନେକ ଯନ୍ତ୍ରାଂଶ ଦ୍ୱାରା ଏକତ୍ର ହୋଇଥିବା ତଥ୍ୟରୁ ଏହାର କାର୍ଯ୍ୟଦକ୍ଷତା ନିଶ୍ଚିତ ହୋଇଛି। ଏହି ଉତକ୍ଷେପଣ ସମୟରେ ଡିଆରଡିଓ ଏବଂ ଭାରତୀୟ ସେନାର ବରିଷ୍ଠ ଅଧିକାରୀମାନେ ଉପସ୍ଥିତ ଥିଲେ।ଏହି ପରୀକ୍ଷଣଗୁଡିକ ସ୍ୱଦେଶୀ ରେଡିଓ ଫ୍ରିକ୍ୱେନ୍ସି (ଆରଏଫ୍) ସନ୍ଧାନକାରୀ, ଭ୍ରାମ୍ୟମାଣ ଲଂଚର୍, ସମ୍ପୂର୍ଣ୍ଣ ସ୍ୱୟଂଚାଳିତ କମାଣ୍ଡ ଏବଂ କଂଟ୍ରୋଲ୍ ସିଷ୍ଟମ୍, ସିସିଟିଭି ଏବଂ ମଲ୍ଟି ଫଙ୍କସନ୍ ରାଡାର ସହିତ ସମସ୍ତ ସ୍ୱଦେଶୀ-ବିକଶିତ ସବ୍-ସିଷ୍ଟମକୁ ନେଇ ଚୂଡାନ୍ତ ପରୀକ୍ଷଣ କରାଯାଇଥିଲା । କ୍ୟୁଆରଏସଏଏମ୍ ଅସ୍ତ୍ର ପ୍ରଣାଳୀର ସ୍ୱତନ୍ତ୍ରତା ହେଉଛି ଏହା ସର୍ଚ୍ଚ ଏବଂ ଟ୍ରାକ୍ ସାମର୍ଥ୍ୟ ଏବଂ ଅଳ୍ପ ସମୟରେ ଉତକ୍ଷେପଣ କରିପାରିବ । ଏହା ପୂର୍ବରୁ କରାଯାଇଥିବା ପରୀକ୍ଷା ସମୟରେ ଏହା ପ୍ରମାଣିତ ହୋଇଛି ।ସଫଳ ପରୀକ୍ଷଣ ପାଇଁ ରକ୍ଷାମନ୍ତ୍ରୀ ଶ୍ରୀ ରାଜନାଥ ସିଂହ ଡିଆରଡିଓ ଏବଂ ଭାରତୀୟ ସେନାକୁ ପ୍ରଶଂସା କରିଛନ୍ତି । ସେ ଆତ୍ମବିଶ୍ୱାସର ସହ ଦର୍ଶାଇଛନ୍ତି ଯେ ସଶସ୍ତ୍ର ବାହିନୀ ପାଇଁ କ୍ୟୁଆରଏସଏଏମ୍ ଅସ୍ତ୍ର ପ୍ରଣାଳୀ ଏକ ଉତ୍କୃଷ୍ଟ ଶକ୍ତି ହେବ ।ପ୍ରତିରକ୍ଷା ଆର ଆଣ୍ଡ ଡି ସଚିବ ଏବଂ ଡିଆରଡିଓର ଅଧ୍ୟକ୍ଷ ସଫଳ ପରୀକ୍ଷଣ ସହିତ ଜଡିତ ଟିମ୍‌କୁ ଅଭିନନ୍ଦନ ଜଣାଇଛନ୍ତି ଏବଂ କହିଛନ୍ତି ଯେ ଭାରତୀୟ ସେନାରେ ସାମିଲ ପାଇଁ ଏହାର୍ତମାନ ସମ୍ପୂର୍ଣ୍ଣ ପ୍ରସ୍ତୁତ ।

## ଓ.ଏମ୍.ସି ଗୁରୁ କେଳୁ ଚରଣ ମହାପାତ୍ର ପୁରସ୍କାର ଉତ୍ସବର ଚତୁର୍ଥ ସଂଧ୍ୟାରେ ; କର୍ଣ୍ଣାଟକୀ କଣ୍ଠ ସଙ୍ଗୀତ ସାଙ୍ଗକୁ ସମନ୍ୱୟ କଥକ ନୃତ୍ୟରେ ଦର୍ଶକ ବିଭୋର



ଭୁବନେଶ୍ୱର ୮।୯(ପି.ଏନ) : ସେପ୍ଟେମ୍ବର ୭ ରେସୃଜନ ୨୮ ତମ ଓ.ଏମ୍.ସି. ଗୁରୁ କେଳୁ ଚରଣ ମହାପାତ୍ର ପୁରସ୍କାର ଉତ୍ସବ ୨୦୨୨ ର ତୃତୀୟ ସନ୍ଧ୍ୟା ଆୟୋଜନ କରିଥିଲେ । ତୃତୀୟସନ୍ଧ୍ୟା ଦର୍ଶକଙ୍କ ପାଇଁ ଏକ ଯନ୍ତ୍ର ସଂଗୀତର ସନ୍ଧ୍ୟାବୋଲି ପ୍ରମାଣିତହୋଇଥିଲା, ଯାହାକୁ ଶିବାଗ୍ନି ଅନୁଷ୍ଠାନର ପ୍ରଖ୍ୟାତ ସଙ୍ଗୀତଜ୍ଞ ମାନେ ପରିବେଶଣ କରିଥଲେ । ଆଜି ସନ୍ଧ୍ୟାର ସମ୍ମାନିତ ଅତିଥି ଭାବେ ଶିକ୍ଷାବିତ୍ ତାଥା ସମାଜ ସେବିକ । ଶ୍ରୀମତୀ ପ୍ରୀତିରାୟ ଚାନ୍ଦ; ବିଶିଷ୍ଟ ଓଡ଼ିଶୀ ସଙ୍ଗୀତଜ୍ଞଡ଼ଃ (ପ୍ରଫେସର) ରାମହରୀ ଦାସ; କଳା ସମିକ୍ଷିକା ଶ୍ରୀମତୀତ ପତୀ ଚୌଧୁରୀ ଓ ଲେଖକ ତଥା କଳା ସମିକ୍ଷକ ଶ୍ରୀ କେଦାର ମିଶ୍ର ଉପସ୍ଥିତ ଥିଲେ।

ସଂଧ୍ୟାର ପ୍ରଥମ କାର୍ଯ୍ୟକ୍ରମ ଆରମ୍ଭ ହୋଇଥିଲା ବହୁମୁଖୀ ତଥା ପ୍ରତିଭାଶାଳୀ କର୍ଣ୍ଣାଟକୀକଣ୍ଠ ସଙ୍ଗୀତର ଗାୟକବିଦ୍ୱାନ ସିକ୍କିଲ ଗୁରୁଚରଣଙ୍କ ଦ୍ୱାରାକର୍ଣ୍ଣାଟକୀ ସଙ୍ଗୀତ ପରିବେଷଣରୁ । ତାଙ୍କର ପ୍ରଥମ ପ୍ରସ୍ତୁତିରେ ଥିଲା ରାଗ ମାଳଶ୍ୱରସ ପରେ ପରେ ରାଗ ଗଙ୍ଗାଭୁଶଣ ପରିବେଷଣ କରିଥିଲେ ଯାହାତାଙ୍କୁ ତାଙ୍କ କର୍ଣ୍ଣାଟକୀ କଣ୍ଠସଙ୍ଗୀତ ପରିସରରଜଟିଳତାକୁ ଗଭୀରଭାବରେହୃଦୟଙ୍ଗମକରିବାକୁ ଅନୁମତିଦେଇଥିଲା। ରସୋତ୍ତୀର୍ଣ୍ଣ ପରିବେଷଣଭାବାବେଗସହିତଶୁଦ୍ଧ ଉଚ୍ଚାରଣ ଓ ଗାମ୍ଭିର୍ଯ୍ୟ ଏବଂ ଚିତାକର୍ଷକ ସ୍ୱରରେସେ ଦୀର୍ଘସମୟଧରି ଦର୍ଶକମାନଙ୍କୁ ଆହ୍ଲାଦିତକରିଥିଲେ । ତାଙ୍କ ସହ ବେହେଲାରେ ଶ୍ରୀଭିସୀବଏବଂମୃଦଙ୍ଗମ୍‌ରେଶ୍ରୀଏନସି ଭରଦ୍ୱାଜସହଯୋଗ କରିଥିଲେ। ଏକକ ସଂଗୀତକାର ତଥା ସାଥୀ କଳାକାରଭାବରେସେମାନଙ୍କରସମୃଦ୍ଧ ଅଭିଜ୍ଞତାସିକ୍କିଲଗୁରୁଚରଣଙ୍କସଂଗୀତ ପ୍ରଦର୍ଶନରେ ସୁମଧୁର ବାତାବରଣ ସୃଷ୍ଟିକରିଥିଲା। ଏହାପରେ ପଶ୍ଚିମବଙ୍ଗରୁ ଆସିଥିବାବିଦୁଷୀ ପରମିତାମିତ୍ର ଏବଂ ତାଙ୍କ ଅନୁଷ୍ଠାନ ନୃତ୍ୟାଙ୍ଗନ୍ କଥକ କେନ୍ଦ୍ରର ଶିକ୍ଷୀମାନେ କଥକ ନୃତ୍ୟ ପରିବେଶଣ କରିଥିଲେ। ସେମାନେ ପ୍ରଥମେ ଅଭିନୟ ଶ୍ରୀମନ୍ଦିରାୟଣ ଯାହା ମହାମୃତ୍ୟୁଞ୍ଜୟମନ୍ତ୍ରରୁ ଉଦ୍ଧୃତ ତଥା ତିନି ଆଖିଭଗବାନ ଶିବ କିମ୍ବା ରୁଦ୍ରଙ୍କୁସମ୍ବୋଧିତକରିଥିଲା । ବ୍ୟକ୍ତିରଭାବପ୍ରବଣ ତଥା ଶାରୀରିକସୁସ୍ଥତା ପାଇଁଜୀବନ ପ୍ରଦାନ କରୁଥିବା ଅମୃତଭଣ୍ଡାର ପ୍ରତୀକଏବଂ ଦୀର୍ଘାୟୁହେବାରକାରଣଏହି ମନ୍ତ୍ର କଥକ ନୃତ୍ୟରେ ଏକ ପ୍ରମୁଖଭୂମିକା ଗ୍ରହଣକରିଥାଏ । ଶ୍ରୀମନ୍ଦିରାୟଣଙ୍କୁ ସ୍ୱର୍ଗତ ଶ୍ରୀ ଦେବାଶିଷସାର୍କ ଗାଇଥିଲେ। ଶ୍ରୀବିଶ୍ୱଜିତ ପାଲଏବଂଶ୍ରୀଚନ୍ଦ୍ରଚୁର ଭଟ୍ଟାଚାର୍ଯ୍ୟ ଯଥାକ୍ରମେତବଲାଏବଂ ସୀତାରରେ ସହଯୋଗ ପ୍ରଦାନ କରିଥିଲେ।ନୃତ୍ୟ ସଂରଚନା ପରମିତାମିତ୍ରଏବଂ ଅଭିନୟକରୁଥିବା ଶିକ୍ଷୀମାନେ ହେଲେଶ୍ରୀତମାବାନାର୍ଜୀ, ରେଶମୀମିତ୍ର, ନିଲୋପାମିତ୍ର, ସତବଡିମାଜି, ସୁଜ୍’ ଘୋଷ, ଶୁଭ୍ରଦୀପ ଖାଁ, ବିଶାଲ ଦତ୍ତା ଏବଂ ନୀଳମରାଜରୟ । ନୃତ୍ୟାଙ୍ଗନ୍‌କଥକ କେନ୍ଦ୍ରର ପରବର୍ତ୍ତୀ ଉପସ୍ଥାପନା ଥିଲାଧାମରଯାହା୧୪ ଟିମାତ୍ରାଚକ୍ରରେ କଥକ ନୃତ୍ୟରଅଭିନ୍ନ ଦିଗଗୁଡିକ ପ୍ରଦର୍ଶନ କରୁଥିଲା । ତା’ପରେ ସେମାନେ ଏକ ଅଭିନୟ ବାଭାବପ୍ରବଣ ନୃତ୍ୟାଂଶ ଉପସ୍ଥାପନ କରିଥିଲେ । ସେମାନଙ୍କର ଅନ୍ତିମ ଉପସ୍ଥାପନା ଥିଲାବାଦ୍ୟଚିତ୍ରାଏକ ମ୍ୟୁଜିକାଲ୍‌ଡ୍ରମ୍ ଦ୍ୱାରା ଅଙ୍କିତ ଘୁଙ୍ଗୁର ଚିତ୍ରକୁଚିତ୍ରଣକରିଥିଲା । ବାଦ୍ୟଚିତ୍ରା୪ଟି ବାଦ୍ୟଯନ୍ତ୍ର ଯଥା ପଖୋଜ, ଖୋଳ, ତବଲା ଏବଂଢୋଲକୁସୁନ୍ଦରଭାବରେ କଥକ ନୃତ୍ୟ ମାଧ୍ୟମରେ ଉପସ୍ଥାପିତ କରିଥିଲେଶିକ୍ଷିମାନେ । ସୃଜନ ଅନୁଷ୍ଠାନର ଫେସବୁକ୍ ପେଜ୍ ଏବଂ ୟୁ ଟ୍ୟୁବ୍ ଚ୍ୟାନେଲରେ ଏହି ପୁରସ୍କାର ଉତ୍ସବର ସିଧା ପ୍ରସାରଣ କରା ଯାଉଛି । ଏହି ଉତ୍ସବର ପରିକଳ୍ପନା ସୃଜନ ନିର୍ଦ୍ଦେଶକ ଗୁରୁରତିକାନ୍ତ ମହାପାତ୍ରଙ୍କ ଦ୍ୱାରା କରାଯାଇ ଥିବା ବେଳେ ଏହାକୁକାର୍ଯ୍ୟକାରୀଶ୍ରୀ ଦେବୀପ୍ରସାଦ ମିଶ୍ରଙ୍କକରିଛନ୍ତି । ଏହି କାର୍ଯ୍ୟକ୍ରମଟି କୁଡଃ. ମୃତ୍ୟୁଞ୍ଜୟ ରଥ ଓ ଅନୁଜାତାରିଣୀ ମିଶ୍ର ପରିଚାଳନା କରି ଥିଲେ ।

## ଓଡିଶାରେ ଆରମ୍ଭ ହେବ ଅନଲାଇନ୍‌ରେ ମନ୍ଦିର ଦର୍ଶନ ବ୍ୟବସ୍ଥା

ଭୁବନେଶ୍ୱର, ୮।୯(ପି.ଏନ): ଓଡ଼ିଶାରେ ଖୁବ୍ ଶୀଘ୍ର ଆରମ୍ଭ ହେବ ଇଂଟିଗ୍ରେଟେଡ ଟେମ୍ପୁଲ୍ ମ୍ୟାନେଜମେଂଟ ସିଷ୍ଟମ ବା ଆଇଟିଏମଏସ୍ । ଏହା ଜରିଆରେ ଅନଲାଇନ ଜରିଆରେ ଦେବାଳୟ ଦର୍ଶନ କରିପାରିବେ ଶ୍ରଦ୍ଧାଳୁ। ତାମିଲନାଡୁ ଓ କର୍ଣ୍ଣାଟକ ରାଜ୍ୟ ଢାଂଚାରେ ଅନଲାଇନ୍ ଦର୍ଶନ ବ୍ୟବସ୍ଥା ଆରମ୍ଭ ହେବ ବୋଲି କହିଛନ୍ତି ଆଇନ ମନ୍ତ୍ରୀ ଜଗନ୍ନାଥ ସାରକା । ଏଥିସହ ଶ୍ରଦ୍ଧାଳୁମାନେ ପୂଜା ଓ ପ୍ରସାଦ ସେବନ ସୁବିଧା ମଧ୍ୟ ପାଇ ପାରିବେ ବୋଲି ମନ୍ତ୍ରୀ କହିଛନ୍ତି। ଦୁଇ ଦୁଇଥର ବିଭିନ୍ନ ପଦାଧିକାରୀଙ୍କ ସହ ବୈଠକ ପରେ ଏନେଇ ନିଷ୍ପତି ନିଆଯାଇଛି ବୋଲି ମନ୍ତ୍ରୀ କହିଛନ୍ତି। ହିନ୍ଦୁ ଧର୍ମର ଭାବାବେଗ ଆଘାତ ନ ହେବା ଭଳି ଏକ ୱେବ୍ ପୋର୍ଟାଲ ପ୍ରସ୍ତୁତ କରାଯିବ। ଏହି ୱେବ୍ ପୋର୍ଟାଲ ମାଧ୍ୟମରେ ବିଭିନ୍ନ ମନ୍ଦିରରେ ହେଉଥିବା କାର୍ଯ୍ୟକ୍ରମ, ଶ୍ରଦ୍ଧାଳୁଙ୍କ ପାଇଁ ମନ୍ଦିର କେଉଁ ସମୟରେ ଖୋଲୁଛି ଓ ବନ୍ଦ ହେଉଛି, ମନ୍ଦିରରେ ହେଉଥିବା ବିଭିନ୍ନ ପ୍ରକାରର ସେବା ସମ୍ପର୍କରେ ଶ୍ରଦ୍ଧାଳୁ ତଥ୍ୟ ପାଇପାରିବେ।

## ନିନ୍ଦା କଲେ ବିଜେପି ଓ କଂଗ୍ରେସ: କାର୍ଯ୍ୟାନୁଷ୍ଠାନ ବଦଳରେ ପ୍ରମାଣ ମାଗୁଛି ବିଜେଡି



ଭୁବନେଶ୍ୱର,୮।୯(ପି.ଏନ): ଦିଲ୍ଲୀ ବିମାନ ବନ୍ଦରରେ ସେପେମ୍ବର ୪ତାରିଖରେ ତୁମୂଳକାଣ୍ଡ କରିଥିବା ବିଜେଡି ବିଧାୟକ ବ୍ୟୋମକେଶ ରାୟ ଓ କିଛି ଯୁବ-ଛାତ୍ର ନେତାଙ୍କ ଯୋଗୁ ଓଡିଶା ନିନ୍ଦିତ ହୋଇଛି । ଏହି ବିଧାୟକ ଓ ବିଜେଡି ନେତାମାନଙ୍କର କାର୍ଯ୍ୟ ଅତ୍ୟନ୍ତ ନିନ୍ଦନୀୟ ତଥା ସେମାନଙ୍କର କାର୍ଯ୍ୟକୁ ଯେତେ କଡା ଭାଷାରେ ନିନ୍ଦା କଲେ ବି କମ୍ ହେବ ବୋଲି ଉଭୟ ବିଜେପି ଓ କଂଗ୍ରେସ ଆଜି ଅଭିଯୋଗ କରିଛନ୍ତି । ଏପଟେ ଦଳର ବିଧାୟକ ତଥା ରାଷ୍ଟ୍ରମନ୍ତ୍ରୀ ପାହ୍ୟା ସୁବିଧା ପାଉଥିବା ଯୁବ ବିଜେଡି ସଭାପତିଙ୍କ ଏଭଳି ନିନ୍ଦନୀୟ କାର୍ଯ୍ୟ ପାଇଁ ତାଙ୍କୁ ଦଳ ତାଗିଦ୍ କରିବା ପରିବର୍ତ୍ତ ? ଏନେଇ ପ୍ରମାଣ ଦିଅନ୍ତୁ ବୋଲି ଦାବି କରିଛି । ରାଜ୍ୟ ଯୁବ ବିଜେପି ସଭାପତି ଇରାସିସ୍ ଆଚ଼ାର୍ଯ୍ୟ ଆଜି ଏକ ସାମ୍ବାଦିକ ସମ୍ମିଳନୀରେ ଅଭିଯୋଗ କରିଛନ୍ତି ଯେ,ଗତ ୪ ତାରିଖ ଦିନ ଦିଲ୍ଲୀ ବିମାନ ବନ୍ଦରଠାରେ ବିଜେଡି ନେତା ଓ କର୍ମକର୍ତ୍ତାଙ୍କ ଅଭାବନୀୟ କାଣ୍ଡ କାରଣରୁ ଆଜି ସମଗ୍ର ଓଡିଶା ନିନ୍ଦିତ ଓ ଲଜ୍ଜିତ ହୋଇଛି । ଗୋଟିଏ ପଟେ ଏହି ଘଟଣାକୁ ଶାସକ ବିଜେଡି ଦ୍ୱାରା ଚ଼ାପି ଦେବାର ଅପପ୍ରୟାସ କରାଯାଉଥିବାବେଳେ ଏବଂ ଅନ୍ୟପଟେ ଦଳର ମୁଖିଆ ଏଭଳି ଲଜ୍ଜାଜନକ ଘଟଣାକୁ ହାଲୁକା ଭାବେ ନେବା ଅତ୍ୟନ୍ତ ଲଜ୍ଜାଜନକ । ଗତ ୪ ତାରିଖ ଦିନ ମୁଖ୍ୟମନ୍ତ୍ରୀଦିଲ୍ଲୀଠାରେ ଏକ ଘରୋଇ ସଂସ୍ଥାଠାରୁ ପୁରସ୍କାର ଗ୍ରହଣ କରିବାକୁ ଯାଇଥିଲେ । ପୁରସ୍କାର ସମାରୋହ ଶେଷ ହେବା ଓଡିଶା ପ୍ରତ୍ୟାବର୍ତନ ସମୟରେ ଦିଲ୍ଲୀ ବିମାନବନ୍ଦରଠାରେ ଶାସକ ବିଜେଡିର ଯୁବ ବିଧାୟକ, ଯୁବନେତା ଓ କର୍ମକର୍ତ୍ତାମାନେ ମଦ୍ୟପାନ କରି ନିଶାସକ୍ତ ଅବସ୍ଥାରେ ଯେଉଁ କାଣ୍ଡ ଭିଆଇଲେ, ଏହା କେଉଁ ଭଳି ‘ଜୀବନବ୍ୟାପୀ ସାଧନାର ଫଳ’ ବୋଲି ଶ୍ରୀ ଆଚ଼ାର୍ଯ୍ୟ ପ୍ରଶ୍ନ କରିଛନ୍ତି ।ନିଶାସକ୍ତ ଅବସ୍ଥାରେ ଥିବା କିଛି ଯୁବ ବିଧାୟକ ତଥା ଯୁବ ବିଜେଡିର ନେତୃବୃନ୍ଦମାନେ ପାଇଲଟ ଓ ବିମାନବନ୍ଦର କର୍ମଚ଼ାରୀଙ୍କ ସହିତ ଅସଦ୍ ଆଚ଼ରଣ ଏବଂ ଅଯଥା ଯୁକ୍ତିତର୍କ କାରଣରୁ ସେଠାରେ ଲଜ୍ଜାଜନକ ପରିସ୍ଥିତି ସୃଷ୍ଟି ହୋଇଥିଲା । ଏପରିକି ଅଧ ଘଂଟା ବିଳମ୍ବ କାରଣରୁ ଇଣ୍ଡିଗୋ ଏ-୩୨୦ ବିମାନରେ ଆସୁଥିବା ବିମାନଯାତ୍ରୀ ନାହିଁ ନଥିବା ହଇରାଣ ଶିକାର ହୋଇଥିଲେ । ଶେଷରେ ବିମାନଟି ତାଙ୍କୁ ନଆଣି କେବଳ ସେମାନଙ୍କ ବ୍ୟାଗ ଓ ଲଗେଜକୁ ନେଇ ଭୁବନେଶ୍ୱର ଆସିଥିଲା । ଏହି ଘଟଣା ସଂପର୍କରେ ଓଡିଶା ସମେତ ଜାତୀୟ ଗଣମାଧ୍ୟମରେ ପ୍ରକାଶ ପାଇବା କାରଣରୁ ଓଡିଶା ଆଜି ନିନ୍ଦିତ ଅପମାନିତ ହୋଇଛି ବୋଲି ସେ ଅଭିଯୋଗ କରିଛନ୍ତି । ସେହିପରି କ୍ୟାପିଟାଲ ଫାଉଣ୍ଡେସନ ସୋସାଇଟି ନାମକ ପ୍ରାଇଭେଟ ସଂସ୍ଥାରୁ ମୁଖ୍ୟମନ୍ତ୍ରୀ ଗ୍ରହଣ କରିଥିବା ପୁରସ୍କାରରେ ଜାତୀୟ ପ୍ରତୀକ ରହିଛି । ଜାତୀୟ ପ୍ରତୀକକୁ କୌଣସି ବେସରକାରୀ ଓ ପ୍ରାଇଭେଟ୍ ସଂସ୍ଥା ବିନା କେନ୍ଦ୍ରୀୟ ଅନୁମୋଦନରେ ବ୍ୟବହାର କରିପାରିବେ ନାହିଁ । କେନ୍ଦ୍ର ସରକାରଙ୍କ ବିନାନୁମତିରେ ଜାତୀୟ ପ୍ରତୀକର ଚ଼ିହ୍ନ ଲାଗିବା ଏକ ଦଣ୍ଡନୀୟ ଅପରାଧ ବୋଲି ବିଜେପି କହିଛି ।ସେହିପରି କଂଗ୍ରେସ ମୁଖପାତ୍ର ନିଶିକାନ୍ତ ମିଶ୍ର କହିଛନ୍ତି ଯେ, ଦିଲ୍ଲୀ ବିମାନ ବନ୍ଦରରେ ବିଜେଡି ବିଧାୟକ ଓ ନେତାମାନଙ୍କ ଆଚ଼ରଣ ନିନ୍ଦନୀୟ । ଏହାକୁ ଅତ୍ୟନ୍ତ କଠୋର ଭାବେ ସେ ନିନ୍ଦା କରୁଛନ୍ତି । ବିଧିବ୍ୟବସ୍ଥାର ନିର୍ଣ୍ଣୟ କରୁଥିବା ବିଧାୟକ ଯଦି ଏଭଳି କାଣ୍ଡ କରନ୍ତି ତାହା ନିନ୍ଦନୀୟ । ଅନ୍ୟପକ୍ଷରେ ବିଜେଡିର ବରିଷ୍ଠ ନେତା ତଥା ସରକାରୀ ମୁଖ୍ୟ ସଚେତକ ପ୍ରଶାନ୍ତ କୁମାର ମୁଦୁଲି ଏହି ଅଭିଯୋଗର ସତ୍ୟତାକୁ ନେଇ ସନ୍ଦେହ ବ୍ୟକ୍ତ କରିବା ସହ ପ୍ରମାଣ ଥିଲେ ଏହାକୁ ଲୋକଲୋଚ଼ନକୁ ଆଣନ୍ତୁ ବୋଲି କହିଛନ୍ତି ।ତେବେ ପ୍ରଶ୍ନ ଉଠୁଛି, ଗତ ସେପ୍ଟେମ୍ବର ୪ ତାରିଖରେ ଇଣ୍ଡିଗୋ ଏ୩୨୦ରେ ବିଜେଡି ବିଧାୟକ ବ୍ୟୋମକେଶ ରାୟ ଓ ଅନ୍ୟ କିଛି ନେତାଙ୍କ ଲଗେଜ୍ ଆସିଥିବାବେଳେ ସେମାନେ କାହିଁକି ସେଥିରେ ଆସିନଥିଲେ । ସେମାନଙ୍କୁ କାହିଁକି ବୋର୍ଡିଂ ନିମନ୍ତେ ଅନୁମତି ମିଳିଲା ନାହିଁ ? ବିଜେଡି ନେତାମାନଙ୍କ ନାଁରେ ହୋଇଥିବା ବିମାନର ୧୬ଟି ସିଟ୍ କାହିଁକି ଫାଙ୍କା ଆସିଲା ? ନେତାମାନେ ଉକ୍ତ ରାତିରେ ନଆସି ତା’ପରଦିନ କାହିଁକି ଆସିଲେ ଓଡିଶାର ନାଁକୁ ନିନ୍ଦିତ କରିଥିବା ଏହି ନେତାମାନଙ୍କ କାର୍ଯ୍ୟ ପାଇଁ ସେମାନଙ୍କୁ ବିଜେଡି ତାଗିଦ୍ ଅବା କାର୍ଯ୍ୟାନୁଷ୍ଠାନ ନେବା ପରିବର୍ତ୍ତ ? ଏହାର ପ୍ରମାଣ ଦାବି କରିବା ଅତ୍ୟନ୍ତ ହାସ୍ୟାସ୍ପଦ ହୋଇଛି ।ସୂଚ଼ନାଯୋଗ୍ୟ, ସେପ୍ଟେମ୍ବର ୪ତାରିଖରେ ଟର୍ମିନାଲ-୧ରେ ଥିବା ଲାଉଞ୍ଜରେ ପାଟିତୁଣ୍ଡ କରିବା ଓ ଏ-୩୨୦ ଇଣ୍ଡିଗୋ ବିମାନରେ କାହିଁକି ୧୬ଜଣ ଟିକେଟଧାରୀଙ୍କୁ ବୋର୍ଡିଂ ପାଇଁ ଅନୁମତି ମିଳିଲା ନାହିଁ ସେ ନେଇ ସୂଚ଼ନା ଅଧିକାର ଆଇନ ବଳରେ ତଥ୍ୟ ମଗାଯାଇଥିବା ଜଣାପଡିଛି ।

## ସୃଷ୍ଟି ହେଲା ଲଘୁଚାପ , ୧୦ ଓ ୧୧ରେ ଅତି ପ୍ରବଳ ବର୍ଷା ସମ୍ଭାବନା

ଭୁବନେଶ୍ୱର, ୮।୯(ପି.ଏନ):ସକ୍ରିୟ ଘୁର୍ଣ୍ଣିବଳୟ ପ୍ରଭାବରେ ପଶ୍ଚିମ-କେନ୍ଦ୍ରୀୟ ତତସଂଲଗ୍ନ ପୂର୍ବ-କେନ୍ଦ୍ରୀୟ ବଙ୍ଗୋପସାଗର ଅଂଚଳରେ ଲଘୁଚାପ କ୍ଷେତ୍ର ସୃଷ୍ଟି ହୋଇଛି। ଆଗାମୀ ୪୮ଘଂଟା ମଧ୍ୟରେ ଆହୁରି ଘନୀଭୂତ ହୋଇ ପଶ୍ଚିମ-କେନ୍ଦ୍ରୀୟ ତତସଂଲଗ୍ନ ଉତର-ପଶ୍ଚିମ ବଙ୍ଗୋପସାଗର ଏବଂ ପାର୍ଶ୍ୱବର୍ତୀ ଉତର ଆନ୍ଧ୍ର ଏବଂ ଦକ୍ଷିଣ ଓଡିଶା ଉପକୂଳ ସମୁଦ୍ର ମଧ୍ୟରେ ସୁଦୃଶଃ ଲଘୁଚାପ କ୍ଷେତ୍ରରେ ପରିଣତ ହେବା ସମ୍ଭାବନା ରହିଛି। ଭୁବନେଶ୍ୱର ସ୍ଥିତ ଆଂଚଳିକ ପାଣିପାଗ କେନ୍ଦ୍ର ପକ୍ଷରୁ ଏହି ସୂଚନା ଦିଆଯାଇଛି। ଅପରପକ୍ଷରେ ବଙ୍ଗୋପସାଗରରେ ସୃଷ୍ଟ ଲଘୁଚାପ ପ୍ରଭାବରେ ଉପକୂଳ ସମେତ ପାର୍ଶ୍ୱବର୍ତୀ ତଥା ଦକ୍ଷିଣ ଓଡ଼ିଶାର ବିଭିନ୍ନ ଜିଲ୍ଲାରେ ବର୍ଷା ଲାଗିରହିଛି। ତେବେ ୧୦ ଏବଂ ୧୧ ତାରିଖରେ ସର୍ବାଧିକ ପ୍ରଭାବ ଦେଖିବାକୁ ମିଳିବ। ୧୦ ତାରିଖରେ ୧୧ ଜିଲ୍ଲାକୁ ପ୍ରବଳରୁ ଅତିପ୍ରବଳ ବର୍ଷା ପାଇଁ ଅରେଞ୍ଜ ଚେତାବନୀ ଓ ୧୭ ଜିଲ୍ଲାକୁ ୟେଲୋ ୱାର୍ଣ୍ଣିଂ ଜାରି କରାଯାଇଛି। ସେହିପରି ୧୧ ତାରିଖରେ ୧୦ ଜିଲ୍ଲାକୁ ଅରେଂଜ ୱାର୍ଣ୍ଣିଂ ଓ ୧୫ ଜିଲ୍ଲାକୁ ୟେଲୋ ୱାର୍ଣ୍ଣିଂ ଜାରି କରାଯାଇଛି। ପାଣିପାଗ କେନ୍ଦ୍ର ପକ୍ଷରୁ ଜାରି ସତର୍କ ସୂଚନା ଅନୁଯାୟୀ ଆସନ୍ତା ୨୪ ଘଂଟା ମଧ୍ୟରେ ମାଲକାନଗିରି, କୋରାପୁଟ, ନବରଙ୍ଗପୁର, ରାୟଗଡା, କଳାହାଣ୍ଡି, କନ୍ଧମାଳ , ଗଜପତି, ଗଂଜାମ , ଖୋର୍ଦ୍ଧା ଓ ପୁରୀ ଜିଲ୍ଲାର ଗୋଟିଏ ଦୁଇଟି ସ୍ଥାନରେ ପ୍ରବଳ ବର୍ଷା ହେବାର ସମ୍ଭାବନା ରହିଛି। ଏଥିପାଇଁ ଏହି ଜିଲ୍ଲାଗୁଡିକୁ ୟେଲୋ ୱାର୍ଣ୍ଣିଂ ଜାରି କରାଯାଇଛି।

## ୨୦ ଲକ୍ଷ ଟଙ୍କାର ଗଞ୍ଜେଇ ଜବତ, ଅଭିଯୁକ୍ତମାନେ ଫେରାର୍

ଜୟପୁର, ୮।୯(ପି.ଏନ): ଟିକାପୁଟ ଗ୍ରାମ ନିକଟ ଛକରେ ଗଞ୍ଜେଇ ଚୋରା ଚାଲାଣ ପାଇଁ ଗଚ୍ଛିତ ରଖି ପ୍ରସ୍ତୁତି ଚାଲିଥିବା ବେଳେ କୋରାପୁଟ ଜିଲ୍ଲା ଲମତାପୁଟ ପୋଲିସ ସେଠାରେ ଚଢଉ କରି ବିପୁଳ ପରିମାଣର ଗଞ୍ଜେଇ ଜବତ କରିଛି ।ବିଶେଷ ସୂତ୍ରରୁ ଖବର ପାଇ କୋରାପୁଟ ଏସପିଙ୍କ ନିର୍ଦ୍ଦେଶ କ୍ରମେ ନନ୍ଦପୁର ଏସଡିପିଓ ସଂଜୟ କୁମାର ମହପାତ୍ରଙ୍କ ନେତୃତ୍ୱରେ ମାଛକୁଣ୍ଡ ଏବଂ ଲମତାପୁଟ ପୋଲିସ ଟିକାପୁଟ ଗ୍ରାମ ଛକ ନିକଟରେରେ ଚଢଉ କରିଥିଲେ ।







# ଟି ଟାଇମ୍

## ଟ୍ୟାକ୍ସି ଡ୍ରାଇଭରଙ୍କ ଖାତାକୁ ଆସିଲା ୧୦ହଜାର କୋଟି

ବରନାଲା ବ୍ୟାଙ୍କ ଅଧିକାରୀଙ୍କ ଦାୟିତ୍ୱହୀନତା କାରଣରୁ ଜଣେ ଟ୍ୟାକ୍ସି ଡ୍ରାଇଭରଙ୍କ ଆକାଉଣ୍ଟରେ ପ୍ରଥମେ ୯୮୦୫କୋଟି ଏବଂ ପରେ ୯୯୯କୋଟି (ମୋଟଊ ୧୦୮୦୪କୋଟି)ଟଙ୍କା ଜମା ହୋଇଗଲା। ଦୈନିକ ୫୦୦ଟଙ୍କା ରୋଜଗାର କରୁଥିବା ପାବର ବରନାଲାର ଏହି ଟ୍ୟାକ୍ସି ଡ୍ରାଇଭର ବଲବିନ୍ଦର ସିଂ ହଠାତଊ ଆଶ୍ଚର୍ଯ୍ୟ ହୋଇପଡିଥିଲେ। ମୋବାଇଲରେ ବ୍ୟାଙ୍କ ବାଲାନ୍ସ ମେସେଜଊ ପଢି ତୁରନ୍ତ ଦୌଡିଥିଲେ ଆୟକର କାର୍ଯ୍ୟାଳୟକୁ। ସିଧାସଳଖ ଆୟକର ଅଧିକାରୀଙ୍କ ଗୋଡତଳେ ପଡି ସେ କହିଥିଲେ ଯେ ମୋ ଆକାଉଣ୍ଟକୁ କିପରି ଏତେ ଟଙ୍କା ଆସିଲା ତାହା ମୁଁ ଜାଣିନାହିଁ। ଦୟାକରି ମୋତେ ଜେଲ ପଠାନ୍ତୁ ନାହିଁ। ବଲବିନ୍ଦରଙ୍କ ଷ୍ଟେଟ ବ୍ୟାଙ୍କ ଅଫଊ ପାଟିଆଲାରେ ଏକ ବ୍ୟାଙ୍କ ଆକାଉଣ୍ଟ ରହିଛି। ଏହି ବ୍ୟାଙ୍କର ଅଧିକାରୀମାନଙ୍କ ଦାୟିତ୍ୱ ହୀନତା ଯୋଗୁ ତାଙ୍କ ଆକାଉଣ୍ଟକୁ ଏହି ଟଙ୍କା ଆସିଥିଲା। ଘଟଣା ସମ୍ପର୍କରେ ଜଣାପଡିବା ପରେ ବ୍ୟାଙ୍କ ପ୍ରବନ୍ଧକ ରବିନ୍ଦର କୁମାର ସଫେଇ ଦେଇ କହିଥିଲେ ଯେ ଏହା ଏକ ବୈଷୟିକ ତ୍ରୁଟି ଥିଲା। ତୁରନ୍ତ ଏହି ଖାତାକୁ ଆମେ ବ୍ଲକଊ କରିଛୁ। ଯେଉଁ ଅଧିକାରୀଙ୍କ ଭୁଲ ଯୋଗୁ ଏହା ଘଟିଛି ତାଙ୍କ ବିରୁଦ୍ଧରେ ନିଶ୍ଚିତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ। ଅନ୍ୟପଟେ ଖବର ପାଇବା ପରେ ଆୟକର ବିଭାଗର ଅଧିକାରୀମାନେ ଏହି ବ୍ୟାଙ୍କ ଉପରେ ରେଡଊ କରିଥିଲେ।

## ପ୍ଲାଷ୍ଟିକ୍ ବେବି

ଏହି ବ୍ୟସ୍ତ ବହୁଳ ଜୀବନରେ ଜଣେ ସାଧାରଣ ବ୍ୟକ୍ତି ଠିକ୍ ଭାବରେ ଖାଦ୍ୟ ଖାଇବାକୁ ସମୟ ପାଉନଥିବା ବେଳେ ୮ବର୍ଷୀୟ ପିଲା ଖାଦ୍ୟ ଖାଇବା ଛାଡ଼ି ପ୍ଲାଷ୍ଟିକ୍ ଜିନିଷ ଖାଇ ଯାଉଛି । ୮ବର୍ଷର ଝିଅ ଜେସିକା ଓ୍ୱାକର, ପିକା ନାମକ ରୋଗରେ ପୀଡ଼ିତ । ଏହି ରୋଗରେ ଜେସିକା ପୌଷ୍ଟିକ ଆହାରକୁ ଛାଡ଼ି ଅନ୍ୟ ସବୁ କିଛି ଖାଇବାକୁ ଇଚ୍ଛା ହୋଇଥାଏ ଯାହା ଜଣେ ସାଧାରଣ ବ୍ୟକ୍ତି କେବେ ଖାଇନଥାଏ । ଜେସିକାର ମା’ ଲିଣ୍ଡସେ କହନ୍ତି ଯେତେବେଳେ ଜେସିକା ଛୋଟଥିଲେ ବାଲି, ମାଟି ଓ ମହମବତୀ ଖାଇଦେଉଥିଲେ । ଯଦି ପ୍ଲେଟରେ ମାଂସ ତରକାରି କିମ୍ବା ଅନ୍ୟ କୌଣସି ବ୍ୟଞ୍ଜନ ରଖାଯାଇଥାଏ ତେବେ ଜେସିକା ତାକୁ କେବେବି ଛୁଅନ୍ତି ନାହିଁ । ଝିଅର ଏଭଳି ସମସ୍ୟା ଦେଖି ତାଙ୍କ ମା’ ତାକୁ ବାଳ ସୁରକ୍ଷା ଗୃହରେ ଛାଡ଼ିଥିଲେ କିନ୍ତୁ ସେଠାରେ ମଧ ଏକା ପରିସ୍ଥିତି ଉପୁଜିଥିଲା । ଜେସିକା କଞ୍ଚା ପରିବା ଖାଆନ୍ତି, ଜିନିଷ ପତ୍ର ଉପରେ ଲାଗିଥିବା ର୍ୟାପ୍ ବା ଜରିକୁ ଖାଆନ୍ତି । ଡାକ୍ତରଙ୍କ କହିବା ଅନୁସାରେ ଜେସିକାଙ୍କର ଏହି ରୋଗ ଭିଟାମିନ୍‌ର ଅଭାବ କାରଣରୁ ହୋଇଥାଏ । ପାଞ୍ଚ ବର୍ଷ ହେବ ଜେସିକାଙ୍କର ଏହି ରୋଗ ହୋଇଥିଲେ ହେଁ ତାଙ୍କର ଚିକିତ୍ସା ଠିକ୍ ଭାବେ କରାଯାଇପାରୁନାହିଁ । ଏଥିପାଇଁ ଜେସିକାର ମା’ ବହୁତ ଚିନ୍ତିତ ଅଛନ୍ତି ।

## ଲାଭଦାୟକ ୱେବ୍‌ସାଇଟ୍



ଅନ୍‌ଲାଇନ୍ ସପିଂର ମଜା ଯିଏ କରିଛି ସିଏ ଜାଣିଛି । ଗୋଟିଏ କ୍ଲିକ୍‌ରେ ଜିନିଷ ପାଖରେ ଆସି ହାଜର ହୋଇଯାଏ । ନା ମୁଲେଇ କରିବାକୁ ପଡ଼ିଥାଏ ନା ଘଣ୍ଟା ଘଣ୍ଟା ଅପେକ୍ଷା କରିବାକୁ ପଡ଼ିଥାଏ । କଥାରେ କହନ୍ତି ବାପାମା’ଙ୍କୁ ଛାଡ଼ିଦେଇ ସବୁକିଛି ଇଣ୍ଟରନେଟ୍‌ରେ ଉପଲବ୍ଧ । କିନ୍ତୁ ଆଜି ଆପଣଙ୍କୁ ଆମେ ଏପରି ଏକ ୱେବ୍‌ସାଇଟ୍ ବିଷୟରେ ଜଣାଇବୁ ଯେଉଁଥିରୁ ଆପଣ ଯାହା ଚାହିଁବେ ତାହା କିଣିପାରିବେ । ଜାପାନର ଏକ ୱେବ୍‌ସାଇଟ୍ ନ୍ତରେଣ୍ଟଏବାଇଫଅଟୋବା ଡଟ୍ କମ୍’ରେ ଆପଣଙ୍କୁ ଅନ୍ତଃବସ୍ତ୍ରଠାରୁ ଆରମ୍ଭ କରି ମା-ବାପା, ପତି-ପତ୍ନୀ ଏବଂ ପିଲା ମଧ ଭଡ଼ାରେ ମିଳିଥାନ୍ତି । ବର୍ତ୍ତମାନ ଜାପାନରେ ଏହି ୱେବ୍‌ସାଇଟ୍ ଅନେକ ଲୋକପ୍ରିୟ ହୋଇଗଲାଣି । ଏହି ୱେବ୍‌ସାଇଟ୍‌ଟି ଗ୍ରାହକମାନଙ୍କୁ ସମସ୍ତ ପ୍ରକାରର ସୁବିଧା ଯୋଗାଇବା ପାଇଁ ଗ୍ରାହକମାନଙ୍କଠାରୁ ମୋଟା ପରିମାଣର ଅର୍ଥ ନେଇଥାଏ । ଜାଣିରଖନ୍ତୁ ଏହି ୱେବ୍ ସାଇଟ୍‌ରେ କ’ଣ ସବୁ ମିଳୁଛି ? ଯଦି ଆପଣ ଏକଲା ଅଛନ୍ତି ତେବେ ଏହି ୱେବ୍‌ସାଇଟ୍‌ଟି ଆପଣଙ୍କ ଏକୁଟିଆପଣ ଦୂର କରିବା ପାଇଁ ଗ୍ରାହକଙ୍କ ଇଚ୍ଛା ମୁତାବକ ପୁରୁଷ କିମ୍ବା ସ୍ତ୍ରୀ ବନ୍ଧୁ ମଧ ଉପଲବ୍ଧ କରେଇଥାଏ ।

# ପୁରାଣ କାହାଣୀ

## ଅଂହକାରରୂପୀ ସାପ




ମହାରାଷ୍ଟ୍ରର ସନ୍ଥ ଜ୍ଞାନେଶ୍ୱର, ନାମଦେବ ଓ ମୁକ୍ତାବାଇଙ୍କ ସହ ତର୍ଥୀ କରି ପ୍ରସିଦ୍ଧ ସନ୍ଥ ଗୋରାଙ୍କ ନିକଟରେ ପହଂଚିଲେ । ସନ୍ଥ ସମାଗମ ହେଲା, ଚର୍ଚ୍ଚ ଚାଲିଲା । ତବସ୍ୱନୀ ମୁକ୍ତାବାଇ ପାଖରେ ପଡିଥିବା ଏକ ବାଡ଼ିକୁ ଲକ୍ଷ୍ୟ କରି ଗୋରା କୁମ୍ଭାରଙ୍କୁ ପଚାରିଲେ ଇଏ କାଣ ? ଗୋରା ଉତ୍ତର ଦେଲେ ମାଠିଆ ପାକଳ ହୋଇଛି କି କଂଚା ଅଛି, ଜାଣିବା ପାଇଁ ଏହି ବାଡିରେ ଯାଂଚ କରେ । ମୁକ୍ତାବାଇ ହସିଦେଇ କହିଲେ ଆମେ ବି ତ ମାଟିର ପାତ୍ର । ଏଥିରେ ଆମକୁ ଯାଂଚ କରିପାରିବ ? ହଁ କାହିଁକି ନୁହେଁ, କହି ଗୋରା ଉଠିଲା ଏବଂ ସେଠାରେ ଉପସ୍ଥିତ ପ୍ରତ୍ୟେକ ମହାତ୍ମାଙ୍କ ମୁଣ୍ଡକୁ ବାଡ଼େଇଲେ । ସେମାନଙ୍କୁ ମଧ୍ୟରୁ କିଛି ଏଥିରେ ଖୁସି ହେଲେ , ଆଉ କିଛି ସାଧୁଙ୍କୁ ଏହା ରହସ୍ୟ ମନେହେଲା । କିନ୍ତୁ ନାମଦେବଙ୍କୁ ଖରାପ ଲାଗିଲା । ଜଣେ କୁମ୍ଭାର ତାଙ୍କ ଭଳି ସନ୍ଥଙ୍କୁ ବାଡ଼ିରେ ପରୀକ୍ଷା କରୁଛି, ଏହା ତାଙ୍କର ପସନ୍ଦ ହେଲା ନାହିଁ । ତାଙ୍କ ଚେହେରାରେ କ୍ରୋଧ ସ୍ପଷ୍ଟ ବାରି ହେଉଥିଲା। ନାମଦେବଙ୍କ ପାଳି ପଡ଼ିଲା । ଗୋରା ତାଙ୍କ ମୁଣ୍ଡରେ ରଖି କହିଲା ଏ ପାତ୍ର କଂଚା ଅଛି । ତା ପରେ ନାମଦେବଙ୍କୁ ଧୀର ସ୍ୱରରେ କହିଲେ ତପସ୍ୱୀ ଶ୍ରେଷ୍ଠ, ଆପଣ ନିଶ୍ଚୟ ସନ୍ଥ କିନ୍ତୁ ଆପଣଙ୍କର ହୃଦୟରେ ଅହଂକାର ରୂପୀ ସାପ ଏବେ ବି ମରିନାହିଁ । ସେଥିପାଇଁ ମାନ ଆପମାନ ଆନକୁ ଆପଣଙ୍କ ଧ୍ୟାନ ତୁରନ୍ତ ଚାଲିଯାଉଛି । ଯେତେବେଳେ ଜଣେ ସଦ୍‌ଗୁରୁ ଆପଣଙ୍କ ମାର୍ଗଦର୍ଶନ କରିବେ, ଏସାପ ସେତେବେଳ ମରିବ । ସନ୍ଥ ନାମଦେବ ବୁଝିପାରିଲେ । ନିଜ ଭିତରେ ଅହଂକାର ମରିଗଲା । ନାମଦେବଙ୍କୁ ଆଜି ସମସ୍ତେ ଜାଣନ୍ତି, କିନ୍ତୁ ମୂଳଦୁଆ ତଳ ପଥର ଭଳି ଲୋକଙ୍କ ଆଖିରୁ ଦୁରେଇ ଯାଇଛନ୍ତି ଗୋରା । ନାମଦେବଙ୍କୁ ଅଂହକାରମୁକ୍ତ କରିବାରେ ତାଙ୍କର ସବୁଠୁ ବନ ଯୋଗଦାନ ଥିଲା । ପ୍ରକୃତରେ କହିବାକୁ ଗଲେ ନାମଦେବଙ୍କ ଅସଲ ଗୁରୁ ଗୋରା । ତାଙ୍କ କଥାରେ ନାମଦେବ ବିଠୋବା ଖେଚରଙ୍କଠୁ ଦୀକ୍ଷା ନେଲେ ।

## ୨୮ ବର୍ଷ ପରେ ସନ୍ତାନ



ଇଟାଲିର ଛୋଟ ସହର ଓସଟାନାରେ ୧୯୮୭ ପରେ ପ୍ରତମ ତର ଶିଶୁର କାନ୍ଦ ସ୍ୱର ଶୁଣିବାକୁ ମିଳିଛି । ପାବ୍‌ଲୋ ନାମକ ଏହି ଶିଶୁ ତୁରିନ୍ ହସ୍ପିଟାଲ୍‌ରେ ଜନ୍ମ ହୋଇଛି । ତାର ଜନ୍ମ ପରେ ସମଗ୍ର ଅଂଚଳରେ ଖୁସିର ଲହରୀ ଖେଳିଯାଇଛି, ବେଶ ଧୂମଧାମ୍‌ରେ ଉତ୍ସବ ପାଳିତ ହୋଇଛି । ଓସଟାନାର ଲୋକସଂଖ୍ୟା ୮୪ । ଏବେ ଏହି ସଂଖ୍ୟା ୮୫ ହୋଇଛି । ପିଡ୍‌ମଂଟ ଅଂଚଳରେ ପାହାନ ମଝିରେ ସ୍ଥିତ ଓସଟାନାର ମେୟର୍ ଗିୟାକୋମା ଲୋମ୍‌ବାରଡୋ ଏ ନେଇ ବହୁତ ଖୁସି । ଦୀର୍ଘ ଦିନର ସ୍ୱପ୍ନ ସତ ହୋଇଛି ବୋଲି ସେ କହିଛନ୍ତି । ଉନବିଂଶ ଶତାବ୍ଦୀ ଆରମ୍ଭରେ ୧ ହଜାର ଲୋକ ଏଁଠାରେ ବାସ କରୁଥିଲେ । ଧୀରେ ଦୀରେ ଜନସଂଖ୍ୟା କମିଲା । ୧୯୭୫ରେ ଜନ୍ମହାର ବହୁତ କମିଲା । ୧୯୭୬ ଓ ୧୯୮୭ ମଧ୍ୟରେ ୧୭ ପିଲା ଜନ୍ମ ହୋଇଥିଲେ । ଏହି ସମସ୍ୟାରୁ ମୁକୁଳିବା ପାଇଁ ଓସଟାନା ନୂଆ ଚାକିରି ସୃଷ୍ଟି କରିବାକୁ ଯୋଜନା କରୁଛି । ସହରର ପରମ୍ପରା ରକ୍ଷା କରିବା ପାଇଁ ଏହାର ପ୍ରବେଶ ଦ୍ୱାରରେ ଏକ ବଗ ମଡେଲ ନିର୍ମିତ ହୋଇଛି । ତା ଥଂଟରେ ନୀଳ ରଙ୍ଗର ଗୋଟିଏ ଛୋଟ ବିଡ଼ା ଅଛି ।

## ଭୋଡକା ନେଲା ଜୀବନ



ଜୋସରେ ଆସି ହୋସ ଉଡାଇବା ଅନୁଚିତ । ବ୍ରାଜିଲର ବାଉର ମସକିଟୋ ୟୁନଭରସିଟିର ଛାତ୍ର ସାଙ୍ଗମାନଙ୍କ ସହ ମିଶି ଭୋଡକା ପିଇବାର ବାଜି ଲଗାଇଥିଲେ । ୨୩ ବର୍ଷୀୟ ହମବ୍ରୋଟ ମୁର ଫୋନସକା ୧ ମିନିଟରେ ୨୫ ଭୋଡକା ସୋଟସ ପିଇଥିଲେ । ହମବ୍ରୋଟଙ୍କଠାରୁ ଅନ୍ୟ କେହି ଶୀଘ୍ର ପିଇ ପାରିନଥିଲେ । ୨୫ଟି ଭୋଡକା ପିଇବା ପରେ ଜ୍ୱର ହେବା ପରି ଅନୁଭବ କରିଥିଲେ । ନିଶା ଅଧିକ ହୋଇ ଯାଇଥିବାରୁ ସେ ଅଚେତ ହୋଇପଡିଥିଲେ । ହମବ୍ରୋଟଙ୍କ ଅନ୍ୟ ସାଙ୍ଗମାନେ ବାନ୍ତି କରିବାରେ ଲାଗିଲେ । ସ୍ୱାସ୍ଥ୍ୟାବସ୍ଥା ଖରାପ ହେବାରୁ ଆମ୍ବୁଲାନ୍ସ ଡାକିବାକୁ ପଡିଥିଲା । ଭୋଟକା ପିଇଥିବା ସମସ୍ତ ଛାତ୍ରଙ୍କୁ ମେଡିକାଲରେ ଭର୍ତ୍ତି କରାଯାଇଥିଲା । କିନ୍ତୁ ହମବ୍ରୋଟଙ୍କ ହସ୍ପିଟାଲ ଯିବା ରାସ୍ତାରେ ମୃତ୍ୟୁ ହୋଇଥିଲା ।

## ମୋଗଲ ଯୁଗର ଘଣ୍ଟେଓ୍ୱାଲା ଦୋକାନ

ଦିଲ୍ଲୀର ଚାନ୍ଦିନି ଚୌକ ସ୍ଥିତ ୨୨୫ବର୍ଷ ପୁରୁଣା ମିଠା ଦୋକାନ ଘଣ୍ଟେଓ୍ୱାଲାକୁ କ୍ରୟ କରିବା ପାଇଁ ଆରମ୍ଭ ହୋଇଯାଇଛି ପ୍ରତିଯୋଗିତା। ଏଥିପାଇଁ କିଛି ବ୍ୟବସାୟ ୧୦କୋଟି ଟଙ୍କାର ଅଫର ଦେଇଥିଲା ବେଳେ ଦୋକାନର ମାଲିକ ୧୦୦କୋଟିରୁ ଅଧିକ ଦାବି କରୁଥିବା କୁହାଯାଉଛି। ୧୭୯୦ ମସିହାରେ ମୋଗଲ ଶାସନ ସମୟରେ ଏହି ମିଠା ଦୋକାନର ଆରମ୍ଭ ହୋଇଥିଲା। ମିଠା ଏବଂ ନମକିନ ପାଇଁ ଏହି ଦୋକାନର ଖ୍ୟାତି ଖାଲି ଦିଲ୍ଲୀ ନୁହେଁ ଦେଶ ବାହାରେ ମଧ୍ୟ ରହିଛି। ତେବେ ବର୍ତ୍ତମାନର ଦୋକାନ ମାଲିକ ସୁଶାନ୍ତ ଜୈନ ଏହି ଦୋକାନକୁ କିଛି ଦିନ ହେବ ବନ୍ଦ କରିଛନ୍ତି। ତାଙ୍କ ଯୁକ୍ତି ହେଉଛି ଯେ, କ୍ୱାଲିଟ କଣ୍ଟ୍ରୋଲ ବିଭାଗର ଚାପ ଯୋଗୁ ଦୋକାନ ଚଳାଇବା କଷ୍ଟ ହେଉଛି। ଏଥିସହ ଦୋକାନ ବନ୍ଦ କରିବାର ଅନ୍ୟ କାରଣ ମଧ୍ୟ ରହିଛି। ଦୋକାନ ବନ୍ଦ କାରଣରୁ ପୁରୁଣା ଦିଲ୍ଲୀର ଲୋକମାନଙ୍କ ମଧ୍ୟରେ ନିରାଶା ଭାବ ଦେଖାଦେଇଛି। ଦୋକାନ ବିକ୍ରି ହେବାର ଚର୍ଚ୍ଚା ଯୋର ଧରିଥିବାରୁ ବହୁ ଦୋକାନି ଦୋକାନ କିଣିବା ପାଇଁ ଆଗ୍ରହ ପ୍ରକାଶ କରିଛନ୍ତି। ଏଥିପାଇଁ ୧୦କୋଟିରୁ ଅଧିକ ଟଙ୍କାର ଅଫର ମଧ୍ୟ ସେମାନେ ଦେଲେଣି।

## କର୍କଟ ରୋଗୀଙ୍କୁ କେଶ ଦାନ

ମୁମ୍ବାଇର ପ୍ରାୟ ୫୨ ଯୁବତୀ ସେମାନଙ୍କର କେଶ କର୍କଟ ଗୋଗୀଙ୍କର କେଶ କର୍କଟ ଗୋଗୀଙ୍କୁ ଦାନ କରିଛନ୍ତି । କର୍କଟ ରୋଗୀଙ୍କ ମନୋବଳ ବଢାଇବା ପାଇଁ ସ୍ଥାନୀୟ ପେଦାର୍ ରୋଡ଼ ସ୍ଥିତ ଯଶଲୋକ ଡାକ୍ତରଖାନା ପକ୍ଷରୁ ଏହି ପଦକ୍ଷେପ ନିଆଯାଇଛି । କର୍କଟ ପୀଡ଼ିତମାନେ ହଠାତ୍ ନିଜର ଶାରୀରିକ ପରିବର୍ତ୍ତନକୁ ଗ୍ରହଣ କରିପାରନ୍ତି ନାହିଁ । ଫଳରେମାନସିକ ଦୁଶ୍ଚିନ୍ତା ଓ ଅବସାଦର ଶିକାର ହୁଅନ୍ତି । ଡାକ୍ତରକାନା ସହ ହେୟାର୍ ଷ୍ଟାଇଲିଶ ସପ୍‌ନା ଭବାନାନୀ ସାମିଲ ହୋଇଛନ୍ତି । କେଶ ଦାତାଙ୍କୁ ସେ ନୂଆ ଲୁକ୍ ଦେଇଛନ୍ତି । ଦାନ କରାଯାଇଥିବା କେଶକୁ କର୍କଟ ରୋଗୀଙ୍କ କଲ୍ୟାଣ ପାଇଁ କାର୍ଯ୍ୟରତ ଏକ ଏନ୍‌ଜିଓରେ ପ୍ରଦାନ କରାଯାଇଛି । ଏହା କେଶରେ ୱିଗ୍ ତିଆରି କରି କର୍କଟ



ରୋଗୀଙ୍କୁ ଦିଆଯିବ । କେଶ ଦାନ କରିଥିବା ୨୧ ବର୍ଷୀୟ ସ୍ନେହ ଶେଟ୍ଟୀ କହନ୍ତି ମୋ କେଶ ପାଇଥିବା ମହିଳା ଏବେ ଖୁସି ହୋଇପାରିବେ ଏବଂ ପୂର୍ବ ଭଳି ପୁଣି ଥରେ ସୌନ୍ଦର୍ଯ୍ୟ ଫେରିପାଇଥିବେ ।

# ଆଜିର ଭାଗ୍ୟ

**ମେଷ** – କାର୍ଯ୍ୟ ହାସଲ କ୍ଷେତ୍ରରେ ଜଣେ ପୂର୍ବତନ ବନ୍ଧୁ ସାହାଯ୍ୟ କରିବେ। ଆନୁଷ୍ଠାନିକ କାମରେ ସଫଳତା ପାଇବେ। ବ୍ୟବସାୟରେ ସାମାନ୍ୟ କ୍ଷତି ହୋଇପାରେ। ପରିବହନରେ ଉନ୍ନତି କରିବେ। ମହିଳାଙ୍କ ଭାତୃ ସମ୍ପର୍କ ବୃଦ୍ଧି ପାଇବ।

**ବୃଷ** – ଅନ୍ୟମାନଙ୍କୁ ନିଜ ଆଡକୁ ଆକର୍ଷିତ କରିବା ପାଇଁ ବିଭିନ୍ନ ପ୍ରକାର ଚେଷ୍ଟା କରିବେ। ବନ୍ଧୁଙ୍କର ସହାନୁଭୂତି ଲାଭ କରିପାରନ୍ତି। ସ୍ଥଗିତ କାମକୁ ତ୍ୱରାନିତ କରିବେ। ମହିଳାମାନେ ସାଥିଙ୍କ ବାଟକୁ ଚାହିଁ ବସିବେ। ଦୂର ସ୍ଥାନକୁ ଭ୍ରମଣ ଯୋଗ ରହିଛି।

**ମିଥୁନ** – କର୍ମକ୍ଷେତ୍ରରେ କେତେକ ଦିଗରୁ ଚାପର ସମ୍ମୁଖୀନ ହୋଇପାରନ୍ତି। ଧୈର୍ଯ୍ୟ ହରାନହୋଇ ପରିସ୍ଥିତିର ସାମ୍ନା କରିବେ। ସାମ୍ବାଦିକତା କ୍ଷେତ୍ରରେ ପ୍ରତିବନ୍ଧକର ସମ୍ମୁଖୀନ ହେବେ। ବ୍ୟବସାୟରେ ବନ୍ଧୁ ସମ୍ପର୍କ ପ୍ରେ ଓ ପ୍ରଣୟ କ୍ଷେତ୍ରରୁ ଅନୁକୂଳ ଫଳ ମିଳିବ।

**କର୍କଟ** – ବନ୍ଧୁଙ୍କ ନିକଟୁ ସାହାଯ୍ୟ ପଅତିଶୃତି ପାଇ ଆସ୍ୱସ୍ତି ଅନୁଭବ କରିବେ। ପାରିବାରିକ ଅସ୍ଥିରତା ଓ ଅର୍ଥାଭାବ ପାଇଁ ମାନସିକ ଦ୍ୱନ୍ଦ ଭିତରେ ସମୟ କଟାଇବେ। ଆତ୍ମିୟମାନଙ୍କ ପରାମର୍ଶ ନେଇ କାର୍ଯ୍ୟ କ୍ଷେତ୍ରରେ ଉପକୃତ ହେବେ।

**ସିଂହ** – ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କ ଉପରେ ନିର୍ଭର କରିବାକୁ ପଡିପାରେ। କର୍ମକ୍ଷେତ୍ରରେ ନୂତନ ଯୋଜନା ଆରମ୍ଭ କରିପାରନ୍ତି। ବକେୟା ଟଙ୍କା ମିଳିବାର ଯୋଗ ରହିଛି। ପ୍ରତିଷ୍ଠିତ ବ୍ୟକ୍ତିଙ୍କ ପରୋକ୍ଷରେ ସାହାଯ୍ୟ ପ୍ରାପ୍ତି ହୋଇପାରେ।

**କନ୍ୟା** – ହଠାତ୍ ଅର୍ଥ ସମ୍ପର୍କକୁ ନେଇ ଭାତୃ ବିବାଦ ଦେଖାଦେଇପାରେ। ପ୍ରେମରେ ପ୍ରତାରଣା ପାଇ କର୍ମକ୍ଷେତ୍ରରେ ପରିସ୍ଥିତିର ଚାପ ବୃଦ୍ଧି ପାଇବ। ସାମାନ୍ୟ ଶାରୀରିକ ଅସୁସ୍ଥତା ଅନୁଭବ କରିବେ। ମହିଳାଙ୍କ କ୍ଷେତ୍ରରେ ବିଭିନ୍ନ ପ୍ରକାରର ଶତ୍ରୁମାନେ କଟୁ କଥା କହିବେ।

**ତୁଳା** – ଇଚ୍ଛା ନଥିଲେ ମଧ ସମୟ ଓ ପରିସ୍ଥିତିକୁ ନେଇ ବନ୍ଧୁଙ୍କ ସହ ବିତର୍କ ସୃଷ୍ଟି ହୋଇପାରେ। ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଜଟିଳ ରୂପ ଦେବାରେ ସମର୍ଥ ହେବେ। ଅର୍ଥ ସଂଗ୍ରହରେ ତତ୍ପରତା ପ୍ରକାଶ କରିବେ।

**ବିଛା** – ପଡୋଶୀଙ୍କ ସହ ସମ୍ପର୍କ ମଧୁର ରଖିବାକୁ ଚେଷ୍ଟା କରିବେ। ବନ୍ଧୁଙ୍କ ସହ ସୌହାର୍ଦ୍ଦ୍ୟପୂର୍ଣ୍ଣ ଆଲୋଚନାରୁ ମନ ଖୁସି ରହିବ। ବିବାଦୀୟ ପରିସ୍ଥିତିର ଦୃଢ଼ ମୁକାବିଲା କରିବେ। ମହିଳାମାନେ ଭାବ ପ୍ରବଣତା ପ୍ରକାଶ କରିବେ।

**ଧନୁ** – ସୁନ୍ଦର ମଧୁର କଥା କହି ଅନ୍ୟମାନଙ୍କୁ ଆକର୍ଷିତ କରି କାର୍ଯ୍ୟ ହାସଲ କରିବେ। ଶାରୀରିକ ଅସୁସ୍ଥତା ଫେରି ପାଇବ। ପାରିବାରିକ କ୍ଷେତ୍ର, ଯାତ୍ରା ଓ ଦାମ୍ପତ୍ୟ ଜୀବନରୁ ସୁଫଳ ପାଇବେ। ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି। ମହିଳାଙ୍କ ମନୋବଳ ଦୃଢ଼ ରହିବ।

**ମକର** – କୌଣସି ଅପରିଚିତ ବ୍ୟକ୍ତିଙ୍କ ଦ୍ୱାରା ଗୁରୁତ୍ୱ ପୂର୍ଣ୍ଣ କାର୍ଯ୍ୟ ହସଲ କରିବେ। ଭାବୁଥିବା କାମଟିକୁ ସମ୍ପୂର୍ଣ୍ଣ କରିବା ପାଇଁ ବନ୍ଧୁଙ୍କର ସାହାଯ୍ୟ ଭିକ୍ଷ୍ୟା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖାଦେଇପାରେ। ମହିଳାମାନେ ଅଶାନ୍ତି ରହିବେ।

**କୁମ୍ଭ** – ଯେତେ ତ୍ୟାଗ ସ୍ୱିକାର କଲେ ମଧ ବନ୍ଧୁ ସହକର୍ମୀ ଓ ପଡୋଶୀଙ୍କର ଭୁଲ୍ ଧାରଣାକୁ ବଦଳାଇ ପାରିବେ ନାହିଁ। ଆୟ ଅପେକ୍ଷା ବ୍ୟୟ କ୍ରମଶଃ ବୃଦ୍ଧି ପାଇବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ପାଇଁ ଚିନ୍ତିତ ରହିବେ। ଆକସ୍ମିକ ଭାବେ ଉପହାର ଦ୍ରବ୍ୟ ଲାଭ ହୋଇପାରେ।

**ମୀନ** – କର୍ମକ୍ଷେତ୍ରରେ ସହଜ ସୁବିଧରେ କାମ ହାସଲ କରିବେ। ବନ୍ଧୁଙ୍କର ଆଦର ମନକୁ ଖୁସି ରଖିବ। ସଭା, ସମିତି, ରାଜନୀତି କ୍ଷେତ୍ରରେ ପ୍ରଶଂସିତ ହେବେ। ମହିଳାମାନେ ଅନ୍ୟଙ୍କ ସେବାରେ ବ୍ୟସ୍ତ ରହିବେ।

## ୬ବର୍ଷ ବୟସରୁ ଦିଆଯାଏ ଶାରିରୀକ ସମ୍ପର୍କ ରଖିବାର ଶିକ୍ଷା

ପାପୁଆ ନ୍ୟୁ ଗିନି ସାଧାରଣତଃ ୬/୭ବର୍ଷ ବୟସର ଶିଶୁମାନେ ନିଜକୁ ପାଠ ପଢା ଓ ଖେଳ କୁଦରେ ମସଗୁଲ ରଖିଥାନ୍ତି । ହେଲେ ଏପରି ଏକ ଜନଜାତି ଆଜି ବି ପୃଥିବୀ ପୃଷ୍ଠରେ ବାସ କରୁଛନ୍ତି ଯେଉଁମାନେ ସେମାନଙ୍କର ପିଲାମାନଙ୍କୁ ୬ବର୍ଷ ବୟସରୁ ଶାରିରୀକ ସମ୍ପର୍କ ରକ୍ଷା କରିବାର ଶିକ୍ଷା ପ୍ରଦାନ କରିଥାନ୍ତି । ଏହି ଜନଜାତି ହେଉଛନ୍ତି ପାପୁଆ ନ୍ୟୁ ଗିନିରେ ରହୁଥିବା ଟ୍ରୋବ୍ରିଆଣ୍ଡ । ୬ବର୍ଷ ବୟସରୁ ସେମାନଙ୍କୁ ଏହି ଶିକ୍ଷା ଦେବାପରେ ୧୦ବର୍ଷ ବୟସରୁ ସେମାନଙ୍କୁ ବିବାହ ବନ୍ଧନରେ ବାନ୍ଧିଥାନ୍ତି । ଏହି ଜନଜାତିର ଅଭିଭାବକମାନେ ସେମାନଙ୍କର ଶିଶୁମାନଙ୍କୁ କିପରି ଶାରିରୀକ ସମ୍ପର୍କ ରକ୍ଷା କରାଯିବ ତା’ର ପ୍ରଶିକ୍ଷଣ ଦିଅନ୍ତି । ପୁଅ ଓ ଝିଅ ମନୋନୀତ କରିବା ଏହ ଉଭୟ ପରିବାରର ସହମତିରେ ହିଁ ହୋଇଥାଏ । ସାଧାରଣତଃ ଯେଉଁ ପୁଅ ଝିଅଙ୍କ ମଧ୍ୟରେ ଶାରିରୀକ ସମ୍ପର୍କ ପାଇଁ ଅଭିଭାବକମାନେ ସହଯୋଗ ଯୋଗାଇଥାନ୍ତି ସେମାନଙ୍କ ମଧ୍ୟରେ ହିଁ ହୁଏ ବିବାହ । ଅନେକ ବର୍ଷ କାଳରୁ ଏହି ପରମ୍ପରା ଚାଲିଆସୁଛି । ସେହିପରି ଜନଜାତିର ଅନେକ ଅଜବ ନିୟମ ଆଜି ବି ରହିଛି । ଯେଉଁ କାରଣରୁ ଏହି ଆଇଲାଣ୍ଡରେ ରହୁଥିବା ଜନଜାତିଙ୍କୁ ନ୍ତର୍ଫି ଲଭ କମ୍ୟୁନିଟଊ’ କୁହାଯାଏ । ବର୍ତ୍ତମାନ ଏହି ଜନଜାତିଙ୍କ ସଂଖ୍ୟା ୧୨ହଜାର ଥିଲା ବେଳେ ବାହାର ଦୁନିଆ ସହ ସେମାନଙ୍କ ଯୋଗାଯୋଗ ଆଦୌ ନାହିଁ କହିଲେ ଚଳେ ।




# ବିଶ୍ୱକପ୍ ହକି ପ୍ରସ୍ତୁତି ନେଇ ଜାତୀୟ, ଆନ୍ତର୍ଜାତିୟ ୬ ଜଣିଆ ଟିମ୍ ର ସମୀକ୍ଷା : ମୁଖ୍ୟମନ୍ତ୍ରୀଙ୍କୁ ଧନ୍ୟବାଦ ଜଣାଇଲେ

ରାଉରକେଲା,(ପି.ଏନ):୨୦୨୩ ବିଶ୍ୱକପ ହକି ଓଡ଼ିଶାର ରାଉରକେଲାରେ ଆୟୋଜିତ ହେବାକୁ ଥିବାବେଳେ ଆଜି ଜାତୀୟ, ଆନ୍ତର୍ଜାତିୟ ଓ ରାଜ୍ୟସ୍ତରିୟ ୬ ଜଣିଆ ଟିମ୍ ଦୁଇଟି ବିମାନରେ ଆସି ରାଉରକେଲା ବିମାନ କ୍ଷେତ୍ରରେ ପହଂଚିବା ସହ ବିଶ୍ୱକପ ପ୍ରସ୍ତୁତିର ସମୀକ୍ଷା କରିଛନ୍ତି । ଏହି ଟିମ୍ ବିପିୟୁଟି ପରିସରରେ ନିର୍ମାଣାଧିନ ବିଶ୍ୱସ୍ତରିୟ ହକି ପଡିଆକୁ ବୁଲି ଦେଖିବା ସହ ଏଥିପାଇଁ ନିର୍ମାଣାଧିନ ରହଣି ସ୍ଥାନ ଓ ଅବଶ୍ୟକୀୟ ସମସ୍ତ ବ୍ୟବସ୍ଥା ଉପରେ ଅନୁଧ୍ୟାନ କରିଥିଲେ । ପରେ ଏୟାରପୋର୍ଟ ଠାରେ ଆୟୋଜିତ ଏକ ସାମ୍ବାଦିକ ସମ୍ମିଳନୀରେ ରାଉରକେଲାର ଗଣମାଧ୍ୟମକୁ ସୂଚନା ଦେଇ ଏହି ପ୍ରତିନିଧି ଦଳ କହିଥିଲେ ଯେ, ଭାରତରେ ଚତୁର୍ଥ ଥର ପାଇଁ ହକି ବିଶ୍ୱକପର ଆୟୋଜନ କରାଯାଉଛି । ଯାହାକି ବିଶ୍ୱରେ ଏତେ ଥର ଆୟୋଜନ କେବଳ ଭାରତରେ ସମ୍ଭବ ହୋଇଛି । ଏହି ଆୟୋଜନ ଲାଗି ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ମନପ୍ରାଣ ଦେଇ ସମସ୍ତ କାର୍ଯ୍ୟର ତଦାରଖ କରୁଥିବାରୁ ଏହି ଟିମ୍ ମୁଖ୍ୟମନ୍ତ୍ରୀଙ୍କୁ ଧନ୍ୟବାଦ ଜଣାଇଥିଲେ । ବର୍ତମାନ ଯେଉଁଭଳି ଆୟୋଜନ ଚାଲିଛି ସଫଳତାର ସହ ଶେଷ ହେଲେ ଏହାକୁ ଏକ ଆଇକନିକ ୱାଲର୍ଡକପ ବୋଲି କୁହାଯାଇପାରିବ । ବିଶ୍ୱରେ ବିଭିନ୍ନ ସ୍ଥାନରେ ୱାଲର୍ଡ଼ କପ୍ ଖେଳାଯାଉଥିବା ବେଳେ ଆଗାମୀ ଦିନରେ ଓଡ଼ିଶାର ରାଉରକେଲାରେ ଖେଳାଯିବ । ଏହା ଓଡ଼ିଶାରେ ଦ୍ୱିତୀୟ ସହର ଭାବେ ପରିଗଣିତ ହେବ । ଜାତୀୟ ଟିମ୍ ରୁ ଆସିଥିବା ଖେଳାଳୀ ମାନେ ଅତୀତରେ ବାରବାଟୀକୁ ଦେଖିଥିଲେ ଓ ସେ ଅଭିଜ୍ଞତାକୁ ଗଣମାଧ୍ୟମ ସମ୍ମୁଖରେ ରଖିଥିଲେ ଓ ରାଉରକେଲାରେ ଆୟୋଜିତ ହକି ବିଶ୍ୱକପ୍ ମଧ୍ୟ ବେଶ୍ ରୋମାଂଚକର ହେବ ଏବଂ ହକିପ୍ରେମୀ ମାନେ ତାହାର ଆନନ୍ଦ ନେବେ ବୋଲି ଏହି ଟିମ୍ ର ସଦସ୍ୟ ମାନେ କହିଛନ୍ତି ।ଏଠାରେ ଉଲ୍ଲେଖଯୋଗ୍ୟ, ନିର୍ମାଣାଧିନ କାର୍ଯ୍ୟକୁ ତଦାରଖ କରିବା ନିମନ୍ତେ ବିଭିନ୍ନ ସମୟରେ ରାଜ୍ୟ ମୁଖ୍ୟ ଶାସନ ସଚିବ, ଫାଇଭ-ଟି ସଚିବଙ୍କ ସମେତ ଅନ୍ୟାନ୍ୟ ସଚିବ ତଥା ମନ୍ତ୍ରୀ ମାନେ ବିଭିନ୍ନ ସମୟରେ ରାଉରକେଲା ଗସ୍ତ କରି ଏହି କାର୍ଯ୍ୟର ଅଗ୍ରଗତିକୁ ନେଇ ଅନୁଧ୍ୟାନ କରୁଥିବା ବେଳେ ଆଜି ଏହି ଟିମ୍ ଗସ୍ତ କରି ସ୍ଥିତି ପରଖିଛନ୍ତି । ଏହି ୬ ଜଣିଆ ଅନୁଧ୍ୟାନକାରୀ ଟିମ୍ ରେ ଅଛନ୍ତି ଏଫଆଇଏଚର କାର୍ଯ୍ୟକାରୀ ସଭାପତି ଶେଫ ଅହମ୍ମଦ, ସିଇଓ ଥିଏରୀ ୱେଲ, ହକି ଇଣ୍ଡିଆର ସିଓଏ ଡଃ. ଏସ.ୱାଇ. କ୍ୟୁରେସୀ, ହକି ଇଣ୍ଡିଆର ଜାଫେର ଇକବାଲ, ଇଡକୋର ଚେୟାରମ୍ୟାନ ତଥା ଆଇଏଏସ ହେମନ୍ତ ଶର୍ମା, ଡିଏସୱାଇଏସ କମିଶନର କମ୍ ସେକ୍ରେଟାରୀ ଆର. ଭିନୀଲ କ୍ରିଷ୍ଣା । ଟିମ୍ ର ଏହି ଗସ୍ତ କାଳରେ ଅନ୍ୟମାନଙ୍କ ରାଉରକେଲା ଏସପି ଓ ଅନ୍ୟାନ୍ୟ ଅଧିକାରୀ ଉପସ୍ଥିତ ଥିଲେ ।

## ରାସ୍ତା କଡ଼ ଜମିରୁ ଯୁବକଙ୍କ ମୃତଦେହ ଉଦ୍ଧାର

ଗଞ୍ଜାମ,(ପି.ଏନ): ଗଞ୍ଜାମ ଜିଲ୍ଲା ଜଗନ୍ନାଥପ୍ରସାଦ ଥାନା ଅନ୍ତର୍ଗତ ଚୋପରା ଓ ଚାମୁଣ୍ଡା ନିକଟସ୍ଥ ରାସ୍ତା କଡ଼ ଜମିରୁ ଜଣେ ଯୁବକଙ୍କ ମୃତଦେହ ଉଦ୍ଧାର କରିଛି ପୋଲିସ । ଜଗନ୍ନାଥପ୍ରସାଦ ଲଙ୍କାଗଡ଼ ସାହିର ଏହି ଯୁବକ ଜଣକ ହେଲେ ମହେଶ୍ୱର ନାୟକ । ସେ ଜଣେ ସମ୍ପର୍କୀୟଙ୍କ ଘରକୁ ଯାଉଥିବା ବେଳେ ଜମିରେ ପଡି ଯାଇଥିଲେ । ଖବର ପାଇ ପୋଲିସ ଘଟଣାସ୍ଥଳରେ ପହଂଚି ଏହି ଯୁବକଙ୍କୁ ଉଦ୍ଧାର କରି ନିକଟସ୍ଥ ଡାକ୍ତରଖାନାରେ ଭର୍ତି କରିଥିଲେ । ହେଲେ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ । ପୋଲିସ ଏ ସଂକ୍ରାନ୍ତରେ ଏକ ଅପମୃତ୍ୟୁ ମାମଲା ରୁଜୁ କରିଛି । ଭଞ୍ଜନଗର ଡାକ୍ତରଖାନାରେ ମୃତକଙ୍କ ଶବ ବ୍ୟବଚ୍ଛେଦ ପରେ ପରିବାର ଲୋକଙ୍କୁ ହସ୍ତାନ୍ତର କରିଛି ।

# ରେନଲ୍ଟ ଭାରତରେ ୪୧୫ରୁ ଅଧିକ ସେଲ୍ସ ଓ ସର୍ଭିସ୍ ଟଚ୍‌ପଏଂଟ୍‌କୁ ନିଜର ନେଟ୍‌ୱର୍କ ଉପସ୍ଥିତି ବିସ୍ତାର କରିଛି

ନୂଆଦିଲ୍ଲୀ,(ପିଏନ): ରେନଲ୍ଟ ଇଣ୍ଡିଆ ପକ୍ଷରୁ ଗତ ଦୁଇ ମାସ ମଧ୍ୟରେ ଦେଶବ୍ୟାପୀ ଏହାର ନେଟ୍‌ୱର୍କରେ ୩୪ଟି ନୂତନ ସେଲ୍ସ ଓ ସର୍ଭିସ୍ ଟଚ୍‌ପଏଂଟ୍‌କୁ ସାମିଲ କରାଯାଇଥିବା ସମ୍ପର୍କରେ ଘୋଷଣା କରାଯାଇଛି । ଏହା ମୋଟ ୯୦ରୁ ଅଧିକ ସେଲ୍ସ ଓ ସର୍ଭିସ୍ ଟଚ୍‌ପଏଂଟ୍‌କୁ ଚିହ୍ନିତ କରୁଛି ଯାହାକୁ ରେନଲ୍ଟ ଗତ ଏକ ବର୍ଷରୁ କମ୍ ସମୟ ମଧ୍ୟରେ ଦେଶବ୍ୟାପୀ ଏହାର ନେଟ୍‌ୱର୍କରେ ସାମିଲ କରିଛି । ବର୍ତମାନର ବିକଶିତ ବଜାରଗୁଡିକରେ ବ୍ରାଣ୍ଡର ଅଭିବୃଦ୍ଧି ପାଇଁ ଏହି ବ୍ୟାପକ ନେଟ୍‌ୱର୍କ ସମ୍ପ୍ରସାରଣ ହେଉଛି ଏକ ରଣନୈତିକ ବ୍ୟବସାୟିକ ଧ୍ୟାନର ଅଂଶବିଶେଷ । ଏହି ନୂତନ ଡିଲରସିପ୍ ଫ୍ୟାସିଲିଟିଗୁଡିକ ମଧ୍ୟପ୍ରଦେଶ, ତାମିଲନାଡୁ, ଉତରପ୍ରଦେଶ, କର୍ଣ୍ଣାଟକ, ଗୁଜରାଟ, ହରିଆନା, ପଞ୍ଜାବ, ତେଲେଙ୍ଗାନା, ଉତରାଖଣ୍ଡ, ରାଜସ୍ଥାନ, ମହାରାଷ୍ଟ୍ର, ହିମାଚଳ ପ୍ରଦେଶ ଓ ପଶ୍ଚିମ ବଙ୍ଗରେ ଅବସ୍ଥିତ । ଏହି ସମ୍ପ୍ରସାରଣ ସହିତ ରେନଲ୍ଟ ଇଣ୍ଡିଆ ଏହାର ନେଟ୍‌ୱର୍କ ଉପସ୍ଥିତିକୁ ୪୧୫ରୁ ଅଧିକ ସେଲ୍ସ ଓ ୪୭୫ରୁ ଅଧିକ ସର୍ଭିସ୍ ଟଚ୍‌ପଏଂଟ୍‌କୁ ବୃଦ୍ଧି କରିଛି, ଯେଉଁଥିରେ ଉଲ୍ଲେଖନୀୟ ବିକ୍ରି ଓ ସେବା ଗୁଣମାନ ସହିତ ଦେଶର ବିଭିନ୍ନ ସ୍ଥାନରେ ୨୦୦ରୁ ଅଧିକ ୱର୍କସପ୍ ଅନ୍ ହ୍ୱିଲ୍ସ ସାମିଲ ରହିଛି । ଏସମ୍ପର୍କରେ ରେନଲ୍ଟ ଇଣ୍ଡିଆର ସେଲ୍ସ୍ ଆଣ୍ଡ ନେଟ୍‌ୱର୍କ ବିଭାଗର ସୁଧୀର ମଲହୋତ୍ରା କହିଛନ୍ତି ରେନଲ୍ଟ ଇଣ୍ଡିଆର ନେଟ୍‌ୱର୍କ ଉପସ୍ଥିତି ରଣନୈତିକ ଭାବେ ସମ୍ପ୍ରସାରିତ ହେଉଛି ଯାହାକି ହେଉଛି ଆମେ ଉଭୟ ଗ୍ରାହକ ଓ ଡିଲର ପାର୍ଟନରଙ୍କଠାରୁ ଗ୍ରହଣ କରୁଥିବା ଉତ୍ସାହଜନକ ପ୍ରତିକ୍ରିୟାର ସାକ୍ଷ୍ୟ ଅଟେ । ବର୍ତମାନ ସମରେ ଆମେ ନୂଆ ଡିଲରଙ୍କୁ ଆକର୍ଷିତ କରିବା ସହିତ ବିଦ୍ୟମାନ ପୁରୁଣା ପାର୍ଟନରଙ୍କଠାରୁ ଅଧିକ ନିବେଶ ଓ ସମ୍ପ୍ରସାରଣ ଅନୁରୋଧ ମଧ୍ୟ ହାସଲ କରୁଛୁ । ଏକ ବର୍ଦ୍ଧିତ ନେଟ୍‌ୱର୍କ ଉପସ୍ଥିତି ଆମ ପାଇଁ ଏହାକୁ ସମ୍ଭବ କରିଛି ଯାହାଫଳରେ ଆମେ ଦେଶବ୍ୟାପୀ ଅଧିକ ଗ୍ରାହକଙ୍କ ଆବଶ୍ୟକତାକୁ ପୂରଣ କରିପାରୁଛୁ ଏବଂ ଆମର ନିରନ୍ତର ବିକ୍ରି ସଂଖ୍ୟାରେ ଏକ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିପାରୁଛୁ । ରେନଲ୍ଟ ଇଣ୍ଡିଆ ବିଭିନ୍ନ ଶୃଙ୍ଖଳାରେ ଆକର୍ଷଣୀୟ ଅଫର୍ ଘୋଷଣା କରିବା ସହିତ ସରକାରୀ ପବ୍ଲିକ୍ ସେକ୍ଟର କର୍ମଚାରୀ, କେନ୍ଦ୍ର ଓ ରାଜ୍ୟ ସରକାରଙ୍କ କର୍ମଚାରୀଙ୍କ ସମେତ ଡାକ୍ତର ଓ ଶିକ୍ଷକମାନଙ୍କ ପାଇଁ ସ୍ୱତନ୍ତ୍ର ଅଫରମାନ ଘୋଷଣା କରିଛି । ଏହି ଅଫରଗୁଡିକ ମଧ୍ୟରେ ୨୨,୦୦୦ ଟଙ୍କାର ଅତିରିକ୍ତ ସ୍ୱତନ୍ତ୍ର ଅଫର୍ ସାମିଲ ରହିଛି ଯାହାକୁ ପୂର୍ବରୁ ଡଷ୍ଟର ଉପରେ ୭୦,୦୦୦ ଟଙ୍କା ପର୍ଯ୍ୟନ୍ତ ଲାଭ, କ୍ୱିଡ୍ ଉପରେ ୪୦,୦୦୦ ଟଙ୍କା ପର୍ଯ୍ୟନ୍ତ ଲାଭ ଓ ଟ୍ରାଇବର ଉପରେ ୩୦,୦୦୦ ଟଙ୍କା ପର୍ଯ୍ୟନ୍ତ ଲାଭ ସହିତ ଆରମ୍ଭ କରାଯାଇଥିବା ଆକର୍ଷଣୀୟ ପାର୍ବଣ ଅଫର୍ ସହିତ ସାମିଲ କରାଯାଇଛି । ରେନଲ୍ଟ ଇଣ୍ଡିଆ ଡିଫେନ୍ସ (ସିଏସ୍‌ଡି) ଓ ପୋଲିସ୍ (ସିପିସି) ସର୍ଭିସ୍‌ମେନ୍‌ଙ୍କ ପାଇଁ ଦେଶବ୍ୟାପୀ ଉପଲବ୍ଧ କ୍ୟାନ୍‌ଟିନ୍ ଷ୍ଟୋର୍‌ଗୁଡିକ ମାଧ୍ୟମରେ ଏକ ବ୍ୟାପକ ଶୃଙ୍ଖଳାର ଉତ୍ପାଦ ପ୍ରଦାନ କରୁଛି । ରେନଲ୍ଟ ପକ୍ଷରୁ କ୍ରୟକୁ ଅଧିକ ସହଜ କରିବା ପାଇଁ ଆକର୍ଷଣୀୟ ଋଣ ଅଫର୍ ମଧ୍ୟ ଘୋଷଣା କରାଯାଇଛି । ଏଥିରେ କ୍ୱିଡ୍ ଓ ଟ୍ରାଇବର୍ ଉପରେ ୩.୯୯%ର ଏକ ସ୍ୱତନ୍ତ୍ର ସୁଧ ହାର ସାମିଲ ରହିଛି । ନୂତନ ଭାବେ ଲଂଚ୍ ହୋଇଥିବା ଡଷ୍ଟର ୧.୩ ଲିଟର ଟର୍ବୋ ଉପରେ ରେନଲ୍ଟ ୨୦,୦୦୦ ଟଙ୍କାର ଲୟାଲ୍‌ଟି ଲାଭ ଓ ୩ ବର୍ଷ କିମ୍ବା ୫୦,୦୦୦ କିମିର ଏକ ସହଜ କେୟାର ପ୍ୟାକେଜ୍ ଘୋଷଣା କରିଛି । ଉତ୍ପାଦ କ୍ଷେତ୍ରରେ ରେନଲ୍ଟ ଇଣ୍ଡିଆ ନିକଟରେ ୨୦୨୦ କ୍ୱିଡ୍ ନିଓଟେକ୍ ଏଡିସନ୍ ଶୁଭାରମ୍ଭ କରିଛି । ଏହି ଲିମିଟେଡ୍ ଏଡିସନରେ ଫାର୍ଷ୍ଟ-ଇନ୍- ସେଗ୍‌ମେଂଟ୍ ଷ୍ଟାଇଲିସ୍ ଓ ଫ୍ରେସ୍ ଡୁଆଲ ଟୋନ୍ ଏକ୍ସଟେରିୟର ଫିଚର ରହିଛି । ଉପଭୋକ୍ତାମାନେ ଦୁଇଟି କଲର୍ କମ୍ବିନେଶନ- ଜାନ୍‌ସ୍କାର ବ୍ଲୁ ବଡି ସହିତ ସିଲ୍‌ଭର ରୁଫ୍ ଏବଂ ସିଲ୍‌ଭର ବଡି ସହିତ ଜାନ୍‌ସ୍କାର ବ୍ଲୁ ରୁଫ୍ ମଧ୍ୟରୁ ଚୟନ କରିପାରିବେ । ୩୦,୦୦୦ ଟଙ୍କାର ଏକ ଇନ୍‌କ୍ରିମେଂଟାଲ ବୃଦ୍ଧି ସହିତ କ୍ୱିଡ୍ ନିଓଟେକ୍ ଏକ ଉନ୍ନତ ଭାଲ୍ୟୁ ପ୍ୟାକେଜ୍ ପ୍ରଦାନ କରୁଛି ଏବଂ ଏକାଧିକ ଉନ୍ନତ ଫିଚର ସହିତ ଗ୍ରାହକଙ୍କ ଲାଭକୁ ସର୍ବାଧିକ କରୁଛି ।

## କୋଶଳ ରାଜ୍ୟ ଦାବିରେ ଟିଟିଲାଗଡ଼ ମହାବନ୍ଦ

ବଲାଙ୍ଗିର,(ପି.ଏନ): ସ୍ୱତନ୍ତ୍ର କୋଶଳ ରାଜ୍ୟ ଦାବୀ ନେଇ କୋଶଳ ରାଇଜ ମୁକ୍ତି ମୋର୍ଚା ପକ୍ଷରୁ ଡାକରା କ୍ରମେ ଟିଟିଲାଗଡ଼ ସହର ସମ୍ପୂର୍ଣ୍ଣ ଠପ୍ ହୋଇପଡିଛି । ବନ୍ଦ ନେଇ ଗତକାଲିଠାରୁ କୋଶଳ ସମର୍ଥକ ସହରରେ ଡାକବାଜି ଯନ୍ତ୍ର ଯୋଗେ ପ୍ରଚାର ପ୍ରସାର ସହ ବିଭିନ୍ନ ଅନୁଷ୍ଠାନକୁ ସହଯୋଗ ପାଇଁ ନିବେଦନ କରିଥିଲେ । ଏହି ପରିପ୍ରେକ୍ଷୀରେ ଆଜି ସହରର ସମସ୍ତ ଦୋକାନ ବଜାର, ଶିକ୍ଷାନୁଷ୍ଠାନ, କୋର୍ଟ, ବ୍ୟାଙ୍କ ପ୍ରତିଷ୍ଠାନ, ସରକାରୀ, ବେସରକାରୀ କାର୍ଯ୍ୟାଳୟ ଗୁଡିକ ବନ୍ଦ ରହିଛି । ସହରରେ କେବଳ ଦୁଇ ଚକିଆ ଯାନ ବ୍ୟତୀତ ସମସ୍ତ ପ୍ରକାର ଯାନବାହାନ ଚଳାଚଳ ବନ୍ଦ ରହିଛି । ଶତାଧିକ କୋଶଳ ସପକ୍ଷବାଦୀ, ବିଭିନ୍ନ ଅନୁଷ୍ଠାନ କର୍ମକର୍ତ୍ତା ଆନ୍ଦୋଳନକୁ ସମର୍ଥନ ଜଣାଇ ରାସ୍ତାକୁ ଓହ୍ଲାଇଛନ୍ତି । ବନ୍ଦ ନେଇ ଆଇନଶୃଙ୍ଖଳା ପରିସ୍ଥିତିକୁ ଦୃଷ୍ଟିରେ ରଖି ଆଇଆଇସି ରଞ୍ଜନ ବରିହାଙ୍କ ନେତୃତ୍ୱରେ ବ୍ୟାପକ ପୁଲିସ ମୁତୟନ ଥିବା ଦେଖାଯାଇଛି ।

# ଖୋର୍ଦ୍ଧା ବଲାଙ୍ଗିର ରେଳପଥ: ଲୋଭନୀୟ ବଜେଟ ଘୋଷାଣ ମାତ୍ର ନୈରାଶ୍ୟ ଜନକ ଖର୍ଚ୍ଚ

ବଲାଙ୍ଗିର ,(ପି.ଏନ): ଖୋର୍ଦ୍ଧା-ବଲାଙ୍ଗିର ନିର୍ମାଣାଧୀନ ରେଳପଥକୁ ସମ୍ପୂର୍ଣ୍ଣ କରିବା ପାଇଁ ଆନ୍ତରିକତାର ସହ କାର୍ଯ୍ୟ କରାଯାଉଛି ବୋଲି ବିଭିନ୍ନ ସମୟରେ କେନ୍ଦ୍ର ରେଳ ମନ୍ତ୍ରୀ ଓ କେନ୍ଦ୍ରୀୟ ଶାସକ ଦଳର ନେତାମାନେ ଲୋଭନୀୟ କଥା କହି ରାଜ୍ୟର ସାଧାରଣ ଜନତାଙ୍କୁ ବିଭ୍ରାନ୍ତ କରି ଆସୁଛନ୍ତି କିନ୍ତୁ ରେଳପଥ ନିର୍ମାଣ କାର୍ଯ୍ୟର ଗତିରେ କୌଣସି ପରିବର୍ତ୍ତନ ହୋଇ ନାହିଁ ବୋଲି ବଲାଙ୍ଗିରର ବରିଷ୍ଠ ସୂଚନା ଅଧିକାର କର୍ମୀ ହେମନ୍ତ ପଣ୍ଡା ଏକ ସାମ୍ବାଦିକ ସମ୍ମିଳନୀରେ କହିଛନ୍ତି । ବିଳମ୍ବ ଜନିତ ସମସ୍ୟା ଏହି ପ୍ରକଳ୍ପର ପିଛା ଛାଡୁ ନାହିଁ ବୋଲି ସେ କହିଛନ୍ତି । ରାଜ୍ୟର ବହୁ ପ୍ରତିକ୍ଷୀତ ଏହି ରେଳପଥ ନିର୍ମାଣ କାର୍ଯ୍ୟର ଧିମା ଗତିକୁ ଦେଖିଲେ ଓଡିଶାକୁ ରେଳ ମନ୍ତ୍ରୀ ମିଳିଛି ବୋଲି ରାଜ୍ୟବାସୀ ଯେତିକି ଖୁସି ହେଉଥିଲେ ବର୍ତ୍ତମାନ ସେତିକି ନିରାଶ ହୋଇଛନ୍ତି ବୋଲି ପଣ୍ଡା କହିଛନ୍ତି । ଜାତୀୟ ସ୍ତରରେ ବିଭିନ୍ନ ପଦପଦବୀ ରାଜ୍ୟକୁ ଗର୍ବିତ କରିଛି, ଏହା ନିଃସନ୍ଦେହ ମାତ୍ର ଏହା ଦ୍ୱାରା ଯଦି ରାଜ୍ୟବାସୀ ଉପକୃତ ହେବେ ନାହିଁ ତାହେଲେ ଏହି ପଦପଦବୀ ମୂଲ୍ୟହୀନ ବୋଲି ପଣ୍ଡା କହିଛନ୍ତି । ରେଳମନ୍ତ୍ରୀଙ୍କ କ୍ଷେତ୍ରରେ ଏହା ସମ୍ପୂର୍ଣ୍ଣ ଉପଯୋଗ୍ୟ ବୋଲି ସେ କହିଛନ୍ତି । ଖୋର୍ଦ୍ଧା-ବଲାଙ୍ଗିର ରେଳପଥ ନିର୍ମାଣ ପାଇଁ ଗତ ୨୦୨୧-୨୨ ଆର୍ଥିକ ବର୍ଷ ବଜେଟରେ ୧୦୫୦ କୋଟି ଓ ୨୦୨୨-୨୩ ବଜେଟରେ ୮୯୧ କୋଟି ଟଙ୍କା ଅର୍ଥ ମନ୍ତ୍ରୀ ନିର୍ମଳା ସୀତାରମଣ ଘୋଷଣା କରିଥିଲେ । କିନ୍ତୁ ସୂଚନା ଅଧିକାର ଆଇନ ଯୋଗେ ରେଳ ବିଭାଗରୁ ମିଳିଥିବା ତଥ୍ୟରୁ ଜଣାପଡିଛି ଯେ, ୨୧-୨୨ ବର୍ଷରେ ମାତ୍ର ୨୯୫ କୋଟି ୪୨ ଲକ୍ଷ ୩୯ ହଜାର ଟଙ୍କା ଖର୍ଚ୍ଚ ହୋଇଥିବା ବେଳେ ୨୨-୨୩ ତଥା ଚଳିତ ଆର୍ଥିକ ବର୍ଷର ଜୁଲାଇ ପର୍ଯ୍ୟନ୍ତ ଖର୍ଚ୍ଚ ହୋଇଛି ମାତ୍ର ୪୯ କୋଟି ୭୯ ଲକ୍ଷ ୯୮ ହଜାର ଟଙ୍କା । ପୁନଶ୍ଚ ତଥ୍ୟରୁ ଜଣାପଡିଛି ଯେ, କେବଳ ଏହି ଦୁଇଟି ଉପରୋକ୍ତ ଆର୍ଥିକ ବର୍ଷ ତଥା ୨୧-୨୨ ଓ ୨୨-୨୩ ବଜେଟରେ ଘୋଷଣା କରାଯାଇଥିବା ସମୁଦାୟ ୧୯୪୧ କୋଟିର ଲୋଭନୀୟ ଅର୍ଥରାଶି ବିଗତ ୨୦ ବର୍ଷରେ ତଥା ଦୁଇ ଦଶନ୍ଧି ମଧ୍ୟରେ ଖର୍ଚ୍ଚ କରାଯାଇ ନାହିଁ । ଅର୍ଥାତ୍ ? ଗତ ୨୦୦୩-୦୪ ଆର୍ଥିକ ବର୍ଷରୁ ୨୨-୨୩ ବର୍ଷର ଜୁଲାଇ ପର୍ଯ୍ୟନ୍ତ ରେଳପଥ ନିର୍ମାଣ କାର୍ଯ୍ୟରେ ଖର୍ଚ୍ଚ କରାଯାଇଛି ମାତ୍ର ୧୬୭୩ କୋଟି ୯୭ ଲକ୍ଷ ଟଙ୍କା । ଏହି ତଥ୍ୟକୁ ଅନୁଶୀଳନ କଲେ ଜଣାପଡୁଛି ଯେ, ଲୋଭନୀୟ ବଜେଟ ବ୍ୟୟ ଅଟକଳ ଘୋଷଣା ଗୁଡିକ ଜନତାଙ୍କୁ ବିଭ୍ରାନ୍ତ କରିବା ପାଇଁ କରାଯାଉଛି । ଠିକ ସେହିପରି ରାଜ୍ୟ ସରକାର ଗତ ୧୬-୧୭ରୁ ଆଜି ପର୍ଯ୍ୟନ୍ତ ୭ ବର୍ଷରେ ଏହି ରେଳପଥ ପାଇଁ ମାତ୍ର ୩୦୩ କୋଟି ୬୩ ଲକ୍ଷ ଟଙ୍କା ଖର୍ଚ୍ଚ କରିଛନ୍ତି । ଜମି ଅଧିଗ୍ରହଣକୁ ନେଇ ମଧ୍ୟ ସମଦଶା ବୋଲି ଜଣାପଡିଛି । ଏହି ରେଳପଥ ପାଇଁ ତିନି କିସମର ଜମି ଯଥା-ସରକାରୀ, ବେସରକାରୀ ଓ ଜଙ୍ଗଲ ଜମି ଅଧିଗ୍ରହଣ କରାଯାଉଛି । ରେଳପଥ ମଞ୍ଜୁରୀ ପାଇବା ୩୦ ବର୍ଷ ବିତି ଯାଇଥିଲେ ମଧ୍ୟ ଏହି ତିନି କିସମ ଜମିକୁ ଆଜି ପର୍ଯ୍ୟନ୍ତ ଶହେ ପ୍ରତିଶତ ଅଧିଗ୍ରହଣ କରାଯାଇ ନାହିଁ । ଅଧିଗ୍ରହଣ ହେବାକୁ ଥିବା ସରକାରୀ ଜମି ୧୨୮୪.୭୭ ଏକରରୁ ୨୭୩.୧୫ ଏକର, ବେସରକାରୀ ଜମି ୪୯୦୬.୬୯ ଏକରରୁ ୯୭.୨୨ ଏକର ବର୍ତ୍ତମାନ ପର୍ଯ୍ୟନ୍ତ ଅଧିଗ୍ରହଣ କରାଯାଇ ନଥିବା ବେଳେ ଆବଶ୍ୟକତା ଥିବା ୧୮୪୪.୪୦ ଏକର ଜଙ୍ଗଲ ଜମିରୁ ୧୬୭୪.୩୭ ଏକର ଜମିକୁ ଷ୍ଟେଜ ୨ ଅନୁମତି ମିଳିନାହିଁ । ମାତ୍ର ୧୭୦.୦୩ ଏକର ଜଙ୍ଗଲ ଜମିକୁ ଷ୍ଟେଜ ୨ ଅନୁମତି ମିଳିଥିବା ବେଳେ ୨୦୫.୦୪ ଏକର ଜମିକୁ ଷ୍ଟେଜ ୧ ଅନୁମତି ମିଳିଛି । ବିଛୁପାଲିରୁ ପରବର୍ତ୍ତୀ ଷ୍ଟପେଜ ଝାରତରଭାକୁ ଆସନ୍ତା ଅକ୍ଟୋବରରେ ପରୀକ୍ଷାମୂଳକ ଭାବେ ରେଳ ଚଳାଚଳ କରିବ ବୋଲି ତଥ୍ୟରେ କୁହାଯାଇଛି । ବିଛୁପାଲିରୁ ଝାରତରଭାର ଦୂରତା ମାତ୍ର ୧୦ କିମି ଅଟେ । ଏହା ୨୦୨୧ ମସିହାରେ କାର୍ଯ୍ୟକ୍ଷମ ହେବ ବୋଲି ପୂର୍ବରୁ ସ୍ଥିର କରାଯାଇଥିଲା । ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ବିଛୁପାଲି ପର୍ଯ୍ୟନ୍ତ ରେଳ ଚଳାଚଳକୁ ୨୦୧୯ ଜାନୁୟାରୀ ୧୫ ଦିନ ଲୋକାର୍ପଣ କରି ରେଳପଥର ନିର୍ମାଣ କାର୍ଯ୍ୟକୁ ତ୍ୱରାନ୍ୱିତ କରାଯିବ ବୋଲି କହିଥିଲେ, ହେଲେ ମାତ୍ର ୧୦ କିମି ଦୂରତା ମଧ୍ୟ ଧାର୍ଯ୍ୟ ସମୟରେ ସମ୍ପୂର୍ଣ୍ଣ ହେଲା ନାହିଁ । ପ୍ରକଳ୍ପର ସମୁଦାୟ ଖର୍ଚ୍ଚ ଅଟକଳ ୩୭୯୧ କୋଟି ୬୬ ଲକ୍ଷ ଧାର୍ଯ୍ୟ କରାଯାଇଥିବା ବେଳେ ବର୍ତ୍ତମାନ ପର୍ଯ୍ୟନ୍ତ ଏହି ରେଳପଥରେ ଖର୍ଚ୍ଚ ହୋଇଛି ୧୬୭୩ କୋଟି ୯୭ ଲକ୍ଷ ଟଙ୍କା ବୋଲି ସୂଚନା କର୍ମୀ ପଣ୍ଡା କହିଛନ୍ତି । ଦୀର୍ଘ ୩୦ ବର୍ଷ ପରେ ଖର୍ଚ୍ଚ ଅଟକଳର ଅଧେ ଟଙ୍କା ମଧ୍ୟ ଖର୍ଚ୍ଚ କରାଯାଇ ପାରି ନାହିଁ ବୋଲି ପଣ୍ଡା କହିଛନ୍ତି । କେନ୍ଦ୍ର ଓ ରାଜ୍ୟ ସରକାର ପ୍ରକଳ୍ପ ପାଇଁ ଅଣ୍ଟା ଭିଡି ଥିଲେ ମଧ୍ୟ ଫଳାଫଳ ଅତ୍ୟନ୍ତ ନୈରାଶ୍ୟଜନକ ବୋଲି ପଣ୍ଡା କହିଛନ୍ତି । ଏପରିକି ରାଜ୍ୟକୁ ରେଳ ବିଭାଗ ମିଳିଥିଲେ ମଧ୍ୟ ଫଳାଫଳ ଶୂନ ବୋଲି ସେ କହିଛନ୍ତି । ସବୁଠୁ ଆଶ୍ଚର୍ଯ୍ୟ କଥା ଯେ, କଳାହାଣ୍ଡି ଜିଲ୍ଲାର ନର୍ଲାରେ ପ୍ରସ୍ତାବିତ ଲୋଗୋ ପିରିଓଡିକାଲ ଓଭରହଲିଙ୍ଗ କାରଖାନା ପାଇଁ ଗତ ବଜେଟରେ ୨ କୋଟି ଟଙ୍କା ଘୋଷଣା କରାଯାଥିଲା । କିନ୍ତୁ ବର୍ତ୍ତମାନ ପର୍ଯ୍ୟନ୍ତ ମାତ୍ର ୩୧ ହଜାର ଟଙ୍କା ଖର୍ଚ୍ଚ କରାଯାଇଛି ।

# କମ୍ପାକ୍ଟ ଏସ୍‌ୟୁଭି ମାରୁତି ସୁଜୁକି ଭିଟାରା ବ୍ରିଜାର ୫.୫ ଲକ୍ଷ ବିକ୍ରି ସହ ଅଗ୍ରଣୀ ସ୍ଥାନ ଅଧିକାର

ଭୁବନେଶ୍ୱର: ଭାରତର ଏକ ନମ୍ବର ଏସୟୁଭି ମାରୁତି ସୁଜୁକି ଭିଟାରା ବ୍ରିଜା ମାତ୍ର ୪.୫ ବର୍ଷର କମ୍ ସମୟ ଭିତରେ ୫.୫ ଲକ୍ଷ ବିକ୍ରି ଉତ୍ସବ ପାଳନ କରିଛି । ବର୍ତମାନ ସୁଦ୍ଧା ଯେକୌଣସି କମ୍ପାକ୍ଟ ଏସ୍‌ୟୁଭି ପାଇଁ ଏହି ସଫଳତା ଦ୍ରୁତତମ । ୨୦୧୬ ଆଦ୍ୟ ଭାଗରେ ଉନ୍ମୋଚିତ ହୋଇଥିବା ଭିଟରା ବ୍ରିଜା କମ୍ପାକ୍ଟ ଏସ୍‌ୟୁଭି କ୍ଷେତ୍ରରେ ଏହାର ଗ୍ଲାମରସ୍ ଲୁକ୍ ସହିତ ବିପ୍ଳବ ଆଣିଥିଲା ଯାହା ପୂର୍ବରୁ ଏହି କ୍ଷେତ୍ରରେ ଦେଖିବାକୁ ମିଳୁନଥିଲା । ଲୁକ୍, ପ୍ରଦର୍ଶନ ଏବଂ ଚଲାଇବାରେ ସହଜତା ଦୃଷ୍ଟିରୁ ଏକ ସମ୍ପୂର୍ଣ୍ଣ ପ୍ୟାକେଜ୍ ଭାବେ ଏହା ଗ୍ରାହକ ଏବଂ କ୍ରିଟିକ୍ (ସମାଲୋଚକ) ପ୍ରଶଂସା ତୁରନ୍ତ ପାଇଥିଲା । ଉତ୍ପତି ସମୟରୁ ବ୍ରାଣ୍ଡ୍ ଭିଟାରା ବ୍ରିଜାକୁ କମ୍ପାକ୍ଟ ଏସ୍‌ୟୁଭି ଗ୍ରାହକମାନଙ୍କ ସ୍ୱତନ୍ତ୍ର ଜୀବନଶୈଳୀକୁ ବିଚାରକୁ ନେଇ ସେମାନଙ୍କ ଉଦୀୟମାନ ଆବଶ୍ୟକତା ଅନୁସାରେ ଡିଜାଇନ୍ କରାଯାଇଥିଲା । ଗ୍ରାହକମାନଙ୍କ ଆବଶ୍ୟକତାରେ ହେଉଥିବା ଦ୍ରୁତ ପରିବର୍ତନ ପ୍ରତି ପ୍ରତିକ୍ରିୟା ପ୍ରଦାନ କରି ସମ୍ପୂର୍ଣ୍ଣ ନୂଆ ଭିଟାରା ବ୍ରିଜାକୁ ୨୦୨୦ ଅଟୋ ଏକ୍ସପୋରେ ସତେଜ ଭାବେ ଉପସ୍ଥାପନ କରାଯାଇଥିଲା । ଏବେ ଏଥିରେ ସୁଦୃଢ଼ ଏବଂ ଶକ୍ତିଶାଳୀ ୪ ସିଲିଣ୍ଡର ୧.୫ ଲିଟର କେ-ସିରିଜ୍ ବିଏସ୍୬ ପେଟ୍ରୋଲ୍ ଇଞ୍ଜିନ ରହିଛି, ସବୁଠୁ ଅଧିକ ପୁରସ୍କାର ପାଇଥିବା ଏହି କମ୍ପାକ୍ଟ ଏସ୍‌ୟୁଭି ଅତୁଳନୀୟ ଗାଡ଼ି ଚାଳନା ଅନୁଭୂତି ପ୍ରଦାନକରିବା ପାଇଁ ଶକ୍ତି, ସ୍ପୋର୍ଟିନେସ୍ ଓ ସହଜତାର ଏକ ସମ୍ପୂର୍ଣ୍ଣ ସମିଶ୍ରଣ ପ୍ରଦାନ କରୁଛି । ଭିଟାରା ବ୍ରିଜାର ଏକ ନିର୍ଦ୍ଦିଷ୍ଟ ଲାଭ ହେଉଛି ଏହାର ହୁଡ୍ ତଳେ ଏକ ବଡ଼, ପ୍ରତିକ୍ରିୟାଶୀଳ ଓ ପେପି ୧.୫ ଲିଟର ପେଟ୍ରୋଲ୍ ଇଞ୍ଜିନ ରହିଛି । ଗ୍ରାହକମାନେ ଚାହିଦା ସମୟରେ ଆକର୍ଷଣୀୟ ମାର୍ଜିତ ଏବଂ ଅତୁଳନୀୟ ଶକ୍ତି ପାଇପାରିବେ । ଏହି ସଫଳତା ସମ୍ପର୍କରେ ଶ୍ରୀଯୁକ୍ତ ଶଶାଙ୍କ ଶ୍ରୀବାସ୍ତବ, କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ (ମାର୍କେଟିଂ ଓ ସେଲସ୍), ମାରୁତି ସୁଜୁକି ଇଣ୍ଡିଆ ଲିମିଟେଡ୍ କହିଛନ୍ତି ଯେ, "ଏହା ଉନ୍ମୋଚନ ହେବା ପରଠାରୁ କମ୍ପାକ୍ଟ ଏସ୍‌ୟୁଭି ବର୍ଗରେ ଏହାର ଦବଦବା ରହିଛି । ଏକ ଧାରା ସୃଷ୍ଟିକାରୀ ଭାବେ ଏହାର ଦୃଢ଼ ଡିଜାଇନ୍ ଭାଷା, ଶକ୍ତିଶାଳୀ ପ୍ରଦର୍ଶନ ଏବଂ ସ୍ପୋର୍ଟି ଚରିତ୍ର ପାଇଁ ଏହା ଏସୟୁଭି ଗ୍ରାହକଙ୍କ ଅଭିଳାଷ ସହ ଯୋଡ଼ିହୋଇଯାଇଛି । ଏହା ଶୀଘ୍ର ସବୁଠୁ ଅଧିକ ପୁରସ୍କାରପ୍ରାପ୍ତ କମ୍ପାକ୍ଟ ଏସ୍‌ୟୁଭିରେ ପରିଣତ ହେବା ସହ ବିକ୍ରି ସାରଣୀରେ ଦବଦବା ବଜାୟ ରଖିଥିଲା । ଶକ୍ତିଶାଳୀ ୧.୫ ଲିଟର ପେଟ୍ରୋଲ୍ ଇଞ୍ଜିନ ଉପସ୍ଥାପନ କରାଯିବା ସହ ଅନେକ ସଂଖ୍ୟକ ଡିଜାଇନ୍ ଅପ୍‌ଡେଟ୍‌କୁ ନେଇ ଭିଟାରା ବ୍ରିଜା ଗ୍ରାହକମାନଙ୍କୁ ଆହୁରି ଉଲ୍ଲସିତ କରିଛି ଏବଂ ଏହି କ୍ଷେତ୍ରରେ ନିଜର ସ୍ଥିତିକୁ ଆହୁରି ସୁଦୃଢ଼ କରିପାରିଛି । ୫.୫ ଲକ୍ଷ ବିକ୍ରି ମାଇଲଖୁଂଟ ସହ ଭିଟାରା ବ୍ରିଜା ହେଉଛି ନିରନ୍ତର ଭାବେ ନବସୃଜନ ପାଇଁ ଆମ ଉଦ୍ୟମର ଶ୍ରେଷ୍ଠ ସ୍ୱୀକୃତି ଏବଂ ପ୍ରଚଳିତ ଗ୍ରାହକ ପସନ୍ଦ ଏବଂ ବଜାର ଧାରା ଅନୁସାରେ ଏହା ମାରୁତି ସୁଜୁକିର ଉତ୍ପାଦ ପୋର୍ଟଫୋଲିଓକୁ ଆହୁରି ସୁଦୃଢ଼ କରିପାରିଛି ।''

# ଆପାହାତୁ ରେଳ ସାଇଡିଂର ଗ୍ରାମବାସୀଙ୍କ ଲୋଡିଂ ଅର୍ଥକୁ ଆତ୍ମସାତ ଉଦ୍ୟମ ଅଭିଯୋଗ

ଯୋଡା, (ପିଏନ): କେନ୍ଦୁଝର ଜିଲ୍ଲା ଯୋଡା ଖଣି ମଣ୍ଡଳର ଜୁରୁଡି ସ୍ଥିତ ଏସେଲ୍ ମାଇନିଂ ଇଣ୍ଡଷ୍ଟ୍ରିଜ୍ ଲିମିଟେଡ କମ୍ପାନୀର ଆପାହାତୁ ସ୍ଥିତ ରେଳ ସାଇଡିଂରେ ଗ୍ରାମବାସୀଙ୍କ ଲୋଡିଂ ଅର୍ଥକୁ ସ୍ଥାନୀୟ ଜଲହରି ସରପଞ୍ଚ ବାଟ ମାରଣା କରିଥିବା ଅଭିଯୋଗ ହୋଇଛି । ଜଲହରି ଗ୍ରାମବାସୀଙ୍କ ଅଭିଯୋଗ ଅନୁଯାୟୀ ଜଣାପଡିଛି ଯେ, ଏସେଲ୍ ଖଣି କମ୍ପାନୀର ନିଜସ୍ୱ ଆପାହାତୁ ରେଳ ସାଇଡିଂରେ ର୍ୟାକ୍ ଲୋଡିଂ ଆରମ୍ଭ ହେବା ବେଳେ ସ୍ଥାନୀୟ ଜଲହରି ଗ୍ରାମ ପଞ୍ଚାୟତ ବାସୀ ନିଯୁକ୍ତି, ଲୋଡିଂ ଓ ପରିବହନ କାର୍ଯ୍ୟ ଦାବିକରି ଆନ୍ଦୋଳନ କରିଥିଲେ । କମ୍ପାନୀ କର୍ତୃପକ୍ଷ ସ୍ଥାନୀୟ ସରପଞ୍ଚ , ସମିତି ସଭ୍ୟ ଓ ସ୍ଥାନୀୟ କିଛି ନେତୃଶ୍ରେଣୀୟ ବ୍ୟକ୍ତି ବିଶେଷଙ୍କ ସହିତ ଆଲୋଚନା କରି ରେଳ ସାଇଡିଂରେ ର୍ୟାକରେ ପରିବହନ ହେଉଥିବା ଖଣିଜର ପ୍ରତି ମେଟ୍ରିକ ଟନ୍ ହିସାବରେ ସ୍ଥାନୀୟ ଲୋକଙ୍କୁ ଦିଆଯିବାର ଚୁକ୍ତି ହୋଇଥିଲା । ଏହି ଚୁକ୍ତି ଅନୁଯାୟୀ ପ୍ରତି ର୍ୟାକ୍‌ରେ ପରିବହନ ହେଉଥିବା ଖଣିଜର ୮ ଟଙ୍କା ପ୍ରତି ମେଟ୍ରିକ ଟନ୍ ହିସାବରେ କମ୍ପାନୀ ସରପଞ୍ଚ ଙ୍କ ମାଧ୍ୟମରେ ଦେବାର ଚୁକ୍ତି କରିଥିଲା । ଗତ ପ୍ରାୟ କିଛି ମାସ ପୂର୍ବେ ସ୍ଥାନୀୟ ସରପଞ୍ଚ ମିତା ମୁଣ୍ଡା କମ୍ପାନୀ ଠାରୁ ପ୍ରାୟ ୪୦ ଲକ୍ଷରୁ ଉର୍ଦ୍ଧ୍ୱ ଟଙ୍କା ଉଠାଇ ନେଇ ସ୍ଥାନୀୟ କିଛି ଗ୍ରାମବାସୀଙ୍କୁ ମାତ୍ର ୧ ହଜାର ଟଙ୍କା ଲେଖାଏଁ ଦେଇ ଏକ ନିର୍ଦ୍ଦିଷ୍ଟ ଦଳର ସମର୍ଥକଙ୍କୁ ୮ ହଜାର ଟଙ୍କା ଲେଖାଏଁ ବନ୍‌ଟନ କରିଥିବାରୁ ଏହାକୁ କେନ୍ଦ୍ରକରି ସ୍ଥାନୀୟ ଅଂଚଳରେ ଉତେଜନା ପ୍ରକାଶ ପାଇ ଟଙ୍କା ପାଇନଥିବା ଗ୍ରାମବାସୀ ମାନେ ସରପଞ୍ଚ ଙ୍କୁ ପନ୍‌ଚାୟତ କାର୍ଯ୍ୟାଳୟରେ ଘେରି ମିଳିଥିବା ଟଙ୍କାର ହିସାବ କିତାବ ମାଗିଥିଲେ । ମାତ୍ର ସରପଞ୍ଚ ସେମାନଙ୍କୁ କୌଣସି ହିସାବ କିତାବ ନଦେଇ ଗ୍ରାମବାସୀଙ୍କ ସ୍ୱରକୁ ଚପାଇ ଦେଇଥିଲେ । ଉକ୍ତ ଘଟଣା ପରେ ରେଳ ସାଇଡିଂରେ ପ୍ରାୟ ୬ ମାସ ହେବ ରେଳ ର୍ୟାକ୍ ପରିବହନ ହୋଇଛି । ଏହି ପରିବହନ ହୋଇଥିବା ର୍ୟାକ ର ଲୋଡିଂ ଅର୍ଥକୁ ସ୍ଥାନୀୟ ସରପଞ୍ଚ କମ୍ପାନୀ ଠାରୁ ନେଇ ନିଜ ପାଖରେ ରଖି ଦୁର୍ଗାପୂଜାରେ ଲୋକଙ୍କୁ ବାଣ୍ଟିନଥିବା ସ୍ଥାନୀୟ ଆଇଟିସି ଗ୍ରାମର ଲାଦୁ ମୁଣ୍ଡା, ଅଭିଯୋଗ କରିଛନ୍ତି । ଜୁରୁଡି ଅଂଚଳର ବିଶିଷ୍ଟ ଶ୍ରମିକ ନେତା ତଥା ସଂଗଠକ ମହେନ୍ଦ୍ର କୁମାର ମହାନ୍ତି, ଓ ତାଙ୍କର ସମର୍ଥକ ମହେଶ୍ୱର ପାତ୍ର, ପ୍ରଭୁରଂଜନ ଶତପଥୀ ପ୍ରମୁଖ ଅଭିଯୋଗ କରିଛନ୍ତି ଯେ, ଆପାହାତୁ ରେଳ ଲୋଡିଂ ଅର୍ଥକୁ ପ୍ରଭାବିତ ସ୍ଥାନୀୟ ଗ୍ରାମବାସୀଙ୍କୁ ଦେବା ପରିବର୍ତେ ଏହାକୁ ଆତ୍ମସାତ କରିବା ଉଦ୍ଦେଶ୍ୟରେ କାହାକୁ ଜଣାଇ ନାହାନ୍ତି । ଏ ସମ୍ପର୍କରେ ଶ୍ରମିକ ନେତା ଜଲହର ସରପଞ୍ଚ ମିତା ମୁଣ୍ଡାଙ୍କୁ ପଚାରିବାରୁ ସରପଞ୍ଚ କମ୍ପାନୀ ଠାରୁ ଉଠାଇଥିବା ଟଙ୍କା ସମ୍ପର୍କରେ ତଥ୍ୟ ନଦେଇ ଲୁଚାଉଥିବା ଅଭିଯୋଗ କରିଛନ୍ତି । ଆପାହାତୁ ରେଳ ସାଇଡିଂ ରେ ରେଳ ଲୋଡିଂ ଆରମ୍ଭ ହେବାଠାରୁ ଆଜି ପର୍ଯ୍ୟନ୍ତ ହୋଇଥିବା କାର୍ଯ୍ୟର ହିସାବ କିତାବ ରଖିବାକୁ ଅନୁରୋଧ କରିଥିଲେ ହେଁ ସରପଞ୍ଚ ଏହାକୁ ଅଣଦେଖା କରୁଥିବା କହିଛନ୍ତି । ସ୍ଥାନୀୟ ସରପଞ୍ଚ ମିତା ମୁଣ୍ଡା, ପୂର୍ବତନ ସରପଞ୍ଚ ରାଧାକାନ୍ତ ନାଏକ ଓ ଏକ ନିର୍ଦ୍ଦିଷ୍ଟ ଦଳର କିଛି ସମର୍ଥକଙ୍କ ସହ ମିଶି ଏହି ଅର୍ଥ ହରିଲୁଟ୍ ଉଦ୍ୟମ କରାଯାଉଥିବା ସେ ଅଭିଯୋଗ କରିଛନ୍ତି । ଏ ସମ୍ପର୍କରେ ଜଲହରି ସରପଞ୍ଚ ମିତା ମୁଣ୍ଡା କୌଣସି ଉତର ଦେଇନଥିଲେ ହେଲେ ପୂର୍ବତନ ଜଲହରି ସରପଞ୍ଚ ଇଂ ରାଧାକାନ୍ତ ନାଏକ ପ୍ରତିକ୍ରିୟା ଦେଇ କହିଥିଲେ ଯେ, ଏ ବାବଦରେ ସେ ଅନଭିଜ୍ଞ ତାଙ୍କ ନାମରେ ମିଥ୍ୟା ଅପପ୍ରଚାର କରାଯାଉଛି ।

# କ୍ୟାନନ ଇଣ୍ଡିଆ ଗ୍ରାହକଙ୍କ ପାଇଁ ଆକର୍ଷଣୀୟ ନୂଆ ଅଫର ସହିତ ଉତ୍ସବରେ ଉଲ୍ଲାସ ଭରିଛି

ଭୁବନେଶ୍ୱର: ଚଳିତ ବର୍ଷ ଉତ୍ସବକୁ ପାଳନ କରିବା ଲାଗି ପ୍ରସ୍ତୁତ ହେବା ଏବଂ ଗ୍ରାହକମାନଙ୍କୁ ଉଲ୍ଲସିତ କରିବା ଲାଗି ପ୍ରତିବଦ୍ଧ କ୍ୟାନନ ଇଣ୍ଡିଆ ପକ୍ଷରୁ ଏହି ଉତ୍ସବ ଋତୁରେ ଖୁସିକୁ ଦ୍ୱିଗୁଣିତ କରିବା ଲାଗି ଅନେକ ଗ୍ରାହକ କୈନ୍ଦ୍ରୀକ ଅଫର ଓ ସୁବିଧା ଘୋଷଣା କରାଯାଇଛି । ଏହି ଉତ୍ସବ ଋତୁରେ ଫଟୋଗ୍ରାଫି ସଂସ୍କୃତିର ପ୍ରସାର କରିବା ଏବଂ ଫଟୋଗ୍ରାଫି ପ୍ରେମୀଙ୍କ ମଧ୍ୟରେ ଉତ୍ସାହକୁ ଜାଗ୍ରତ କରିବା ଲାଗି କ୍ୟାନନ ଇଣ୍ଡିଆ ପକ୍ଷରୁ ଏହାର ଇମେଜିଂ ଉତ୍ପାଦ ଉପରେ ଆକର୍ଷଣୀୟ ଅଫର ଘୋଷଣା କରାଯାଇଛି । ରଢ଼ଝ ଗ୨୦୦,କିଣା ଉପରେ ଗ୍ରାହକମାନେ ୭୯୯୯/ୟୁ ମୂଲ୍ୟର ବ୍ଲୁପଙ୍କଟ ଇୟରବଡ ବିନା ମୂଲ୍ୟରେ ପାଇବେ ଏବଂ ଏହି ରିଡିଫଂସନ ଭିତିକ ଅଫର ୨୦୨୦ ଅକ୍ଟୋବର ପର୍ଯ୍ୟନ୍ତ ବୈଧ ରହିବ । ପୁନଶ୍ଚ, ଗ୍ରାହକମାନେ ବର୍ଦ୍ଧିତ ୩ ବର୍ଷର ୱାରେଂଟି ଉପଭୋଗ କରିବେ ଯାହା କ୍ୟାନନର ସମସ୍ତ ଫୁଲ ଫ୍ରେମ କ୍ୟାମେରାରେ ଉପଲବ୍ଧ ହୋଇଛି । ଏହି ଦୁର୍ଗାପୂଜା ଓ ନବରାତ୍ରୀ ପାଳନକୁ ଅଧିକ ଉଲ୍ଲାସର ସହ ପାଳନ କରି ବ୍ରାଣ୍ଡ ପକ୍ଷରୁ କ୍ୟାନନ ସହିତ ଗ୍ରାହକଙ୍କ ସପିଂ ଅନୁଭୂତି ବଢ଼ାଇବା ଲାଗି ସେମାନଙ୍କୁ ଆକର୍ଷଣୀୟ ଇଏମଆଇ ଓ କ୍ୟାସବ୍ୟାକ ଅଫର ପ୍ରଦାନ କରାଯାଉଛି । ଏହି ଆକର୍ଷଣୀୟ ଅଫରକୁ ଉନ୍ମୋଚନ କରି ଶ୍ରୀଯୁକ୍ତ କାଜୁଟାଡା କୋବାୟାସି, ସଭାପତି ଓ ସିଇଓ, କ୍ୟାନନ ଇଣ୍ଡିଆ କହିଛନ୍ତି ଯେ, ଠକ୍ତଙ୍କକ୍ଟପ୍ସ;କୋଭିଡ-୧୯ ପାଇଁ ଚଳିତ ବର୍ଷ ସାରା ବିଶ୍ୱର ବ୍ୟକ୍ତିବିଶେଷ ଓ ସଂସ୍ଥାଗୁଡ଼ିକ ଅଭାବନୀୟ ସ୍ଥିତି ସାମ୍ନା କରିଛନ୍ତି, ମାତ୍ର ଦୃଢ଼ ଭାବେ ଉଭା ହେବା ପାଇଁ ଆମେ ସମସ୍ତେ ସହନଶୀଳତା ଓ ଇଚ୍ଛାଶକ୍ତି ପ୍ରଦର୍ଶନ କରିଛୁ ।ଉତ୍ସବ ଋତୁ ପାଖେଇ ଆସିଥିବା ବେଳେ ଚର୍ତୁପାର୍ଶ୍ୱରେ ଖୁସି ବାଂଟିବା ପାଇଁ ଓ ମାନବିକତା ଓ ଏକତ୍ୱର ଭାବ ପାଳନ କରିବା ଲାଗି ଏହା ସମସ୍ତ ପାଇଁ ଏକ ଅବସର । ଯଦିଓ ଚଳିତ ବର୍ଷର ଉତ୍ସବ ପାଳନ କ୍ଷୁଦ୍ର ଆକାରରେ ହେବ, ମାତ୍ର ଆମକୁ ଉପସ୍ଥାପନ କରାଯାଉଥିବା ମୁହୂର୍ତଗୁଡ଼ିକୁ ପାଳନ କରିବା ଅଧିକ ଗୁରୁତ୍ୱପୂର୍ଣ୍ଣ । ଏହି ଉତ୍ସବ ଋତୁରେ ଆମର ଅଫର ଏବଂ ଅଧିକ ସୁବିଧା ଜରିଆରେ ଆମେ ଗ୍ରାହକଙ୍କ ମନରେ ଖୁସି ଆଣିବା ଏବଂ ସେମାନଙ୍କ ଉଲ୍ଲାସକୁ ଦ୍ୱିଗୁଣିତ କରିବାରେ ପ୍ରମୁଖ ପ୍ରତ୍ୟକ୍ଷ ଭୂମିକା ନିର୍ବାହ କରିବାକୁ ଚାହୁଁଛୁ । ଗ୍ରାହକଙ୍କ ଉଲ୍ଲାସ ନେଇ ରହିଥିବା ଆମର ଦର୍ଶନ ଅନୁସାରେ ଆମେ ବାସ୍ତବରେ ବିଶ୍ୱାସ କରୁଛୁ ଯେ ଜଣେ ଖୁସି ଗ୍ରାହକ ବ୍ରାଣ୍ଡର ଉଲ୍ଲେଖନୀୟ ବୃଦ୍ଧି କରିଥାନ୍ତି । ଆମର ସର୍ବଭାରତୀୟ ଅଭିଯାନ ଓ ବ୍ୟକ୍ତିଗତ ସୁହାଇବା ଭଳି ଅଫର ଜରିଆରେ ଆମେ ଆମର ଉତ୍ପାଦ

ଜରିଆରେ ବଜାରକୁ ଅଧିକ୍ ବରାନ୍ୱିତ କରିବା ଏବଂ ଆମର ଅଭିବୃଦ୍ଧିକୁ ବର୍ଷ ଶେଷସୁଦ୍ଧା ବାଢ଼ଇବାକୁ ଆଶା ରଖିଛୁ । ଏହି ଅଫରଗୁଡ଼ିକ କ୍ୟାମେରା ଠାରୁ ଆଗକୁ ବଢ଼ି ପ୍ରିଂଟର ବର୍ଗରେ ମଧ୍ୟ ପ୍ରଦାନ କରାଯାଉଛି ।

# କେନ୍ଦୁଝର ଜିଲ୍ଲାରୁ ପୁଣି ୬୩ ଜଣ ନୂତନ କରୋନା ଚିହ୍ନଟ : ଜିଲ୍ଲାର ଆକ୍ରାନ୍ତଙ୍କ ସଂଖ୍ୟା ୫୮୫୫ ହେଲା

କେନ୍ଦୁଝର, (ପିଏନ): କେନ୍ଦୁଝର ଜିଲ୍ଲାରୁ ଶୁକ୍ରବାର ଦିନ ୬୩ ଜଣ ନୂତନ କରୋନା ଆକ୍ରାନ୍ତ ଚିହ୍ନଟ ହୋଇଥିବା ସୂଚନା ମିଳିଛି । ଶୁକ୍ରବାର ସକାଳ ୯ଟା ସୁଦ୍ଧା ଜିଲ୍ଲାର ମୋଟ କରୋନା ଆକ୍ରାନ୍ତଙ୍କ ସଂଖ୍ୟା ୫୮୫୫ ରେ ପହଞ୍ଚିଛି । ଏଥିମଧ୍ୟରୁ ୫୩୭୪ ଜଣ ଆରୋଗ୍ୟ ଲାଭ କରି ଘରକୁ ଫେରି ସାରିଛନ୍ତି । ଇତିମଧ୍ୟରେ ଜିଲ୍ଲାରୁ ୧୩ ଜଣ କରୋନା ଆକ୍ରାନ୍ତଙ୍କ ମୃତ୍ୟୁ ହୋଇ ସାରିଥିବାବେଳେ ଏବେ ମଧ୍ୟ ୪୬୮ ଆକ୍ଟିଭ କେଶ ରହିଥିବା ଜଣାପଡିଛି । ଶୁକ୍ରବାର ଚିହ୍ନଟ ୬୩ ଜଣ ସ୍ଥାନୀୟ ସଂକ୍ରମିତଙ୍କ ମଧ୍ୟରେ ଆନନ୍ଦପୁର ବ୍ଲକ କଣ୍ଟିପାଳରୁ ୨ଜଣ,ଆନନ୍ଦପୁର ପୌରପାଳିକା ୪ନଂ ୱାର୍ଡରୁ ଜଣେ ଓ ୧୦ନଂ ୱାର୍ଡରୁ ଜଣେ,ଚମ୍ପୁଆ ବ୍ଲକ ଭୁଇଁପୁରରୁ ୪ଜଣ ଓ ଭଣ୍ଡାରୁ ଜଣେ, ଘସିପୁରା ବ୍ଲକ ବରିପାଳରୁ ଜଣେ, ବାତୋରୁ ୨ଜଣ,ଗଁପୁରରୁ ଜଣେ, ଗୋହିରାରୁ ଜଣେ,ଖାଳିଆମେଣ୍ଟାରୁ ଜଣେ ଓ ମଦନପୁରରୁ ଜଣେ,ଘଟଗାଁ ବ୍ଲକ ବିନିଦାରୁ ଜଣେ, ମୁକ୍ତାପୁରରୁ ଜଣେ, ଢେଙ୍କିକୋଟରୁ ୨ଜଣ, ବଡଜାମୁପଶିରୁ ୨ଜଣ ଓ ତରାରୁ ୪ଜଣ, ହାଟଡିହି ବ୍ଲକ ଢେଙ୍କାରୁ ୩ଜଣ, ଝୁମ୍ପୁରା ବ୍ଲକ ଝୁମ୍ପୁରାରୁ ଜଣେ, ଯୋଡା ବ୍ଲକ ବଲାଣିରୁ ୨ଜଣ ଓ ବିରିକଳାରୁ ଜଣେ,ଯୋଡା ପୌରପାଳିକା ୨ନଂ ୱାର୍ଡରୁ ଜଣେ, ୩ନଂ ୱାର୍ଡରୁ ଜଣେ,୫ନଂ ୱାର୍ଡରୁ ଜଣେ, ୬ନଂ ୱାର୍ଡରୁ ଜଣେ ଓ ୮ନଂ ୱାର୍ଡରୁ ୩ଜଣ, କେନ୍ଦୁଝରଗଡ ପୌରପାଳିକା ୨ନଂ ୱାର୍ଡରୁ ଜଣେ,୫ନଂ ୱାର୍ଡରୁ ୨ଜଣ,୬ନଂ ୱାର୍ଡରୁ ଜଣେ,୮ନଂ ୱାର୍ଡରୁ ଜଣେ,୧୨ନଂ ୱାର୍ଡରୁ ଜଣେ,୧୩ନଂ ୱାର୍ଡରୁ ୨ଜଣ,୧୭ନଂ ୱାର୍ଡରୁ ଜଣେ,୨୦ନଂ ୱାର୍ଡରୁ ଜଣେ ଓ ୨୧ନଂ ୱାର୍ଡରୁ ଜଣେ,ପାଟଣା ବ୍ଲକ ବାଉଁଶୂଳୀରୁ ଜଣେ, କେନ୍ଦୁଝର ସଦର ବ୍ଲକ ଶିରିଶପାଳରୁ ଜଣେ, ନରଣପୁରରୁ ଜଣେ, ରାଇସୁଆଁରୁ ଜଣେ ଓ ପଳାଶପଙ୍ଗାରୁ ଜଣେ, ସାହାରପଡା ବ୍ଲକ ଖାଡିଆବେଡାରୁ ୨ଜଣ, ତେଲକୋଇ ବ୍ଲକ କରଦାଙ୍ଗିରୁ ଜଣେ, ସଲେଇକେନାରୁ ୩ଜଣ ଓ ଜଗମୋହନପୁରରୁ ଜଣେ କରୋନା ଆକ୍ରାନ୍ତ ଚିହ୍ନଟ ହୋଇଥିବା ପ୍ରଶାସନ ସୂଚନା ଦେଇଛି ।

# କାସ୍‌ଭି ଖଣିର ପରିବହନ କାର୍ଯ୍ୟ ବନ୍ଦ କଲେ ଟ୍ରକ୍ ମାଲିକ ସଂଘ

ଯୋଡା, (ପିଏନ): କେନ୍ଦୁଝର ଜିଲ୍ଲା ଯୋଡା ଖଣିମଣ୍ଡଳ ଜରିବାହାଲ ସ୍ଥିତ କାସ୍‌ଭି ଖଣିରେ କେତେକ ଦାବିକରି ଜୁରୁଡି ଟ୍ରକ ମାଲିକ ସଂଘ ପକ୍ଷରୁ ପରିବହନ କାର୍ଯ୍ୟକୁ ଶୁକ୍ରବାର ବନ୍ଦ କରିଦିଆଯାଇଛି । ନୂତନ ଲିଜ୍ ପାଇଥିବା କାସ୍‌ଭି ଇଣ୍ଟରନ୍ୟାସନାଲ ପ୍ରାଇଭେଟ୍ ଲିମିଟେଡ୍ କମ୍ପାନୀ ନିଜର ଖଣିଜ ପରିବହନ ପାଇଁ ବାହର ଅଂଚଳର ଭାରିଯାନ ଆଣି ସ୍ଥାନୀୟ ସଂଘର ଗାଡିକୁ ସଂଘରେ ଥିବା ଗାଡିମାନଙ୍କୁ କାର୍ଯ୍ୟ ଦେଉନଥିବା ଅଭିଯୋଗ କରି ଜୁରୁଡି ଟ୍ରକ୍‌ମାଲିକ ସଂଘ ପକ୍ଷରୁ ଧାରଣା ଦିଆଯାଇଥିଲା । ଦୀର୍ଘ ୧୧ ଦିନ ଧାରଣା ଦିଆଯାଇଥିଲେ ହେଁ କମ୍ପାନୀ ପକ୍ଷରୁ ସମାଧାନ ଶୁଣାଣି ନହେବାରୁ ସଂଘ ପକ୍ଷରୁ ପରିବହନ ମୂଲ୍ୟ ସମ୍ପର୍କିତ ଦାବି ପତ୍ର ଦିଆଯାଇଥିଲା । ମାତ୍ର କମ୍ପାନୀ ଏହାକୁ ମଧ୍ୟ ହେୟଜ୍ଞାନ କରୁଥିବାରୁ ଶୁକ୍ରବାର ସଂଘ ପକ୍ଷରୁ ଖଣିର ପରିବହନ କାର୍ଯ୍ୟ ବନ୍ଦ କରିଦିଆଯାଇଥିବା ସଂଘର ବରିଷ୍ଠ କର୍ମକର୍ତ୍ତା ମହେନ୍ଦ୍ର କୁମାର ମହାନ୍ତି, ପ୍ରଭୁରଂଜନ ଶତପଥୀ ପ୍ରମୁଖ ସୂଚନା ଦେଇଛନ୍ତି । ଏଣେ ଏ ନେଇ କାସ୍‌ଭି ଖଣିର ଅଧିକାରୀ ଅନୁପ ରଥ କହିଛନ୍ତି ଯେ ସମାଧାନ ଶୀଘ୍ର କରାଯିବ, ପରିବହନ ମୂଲ୍ୟନେଇ ଆପଷ ବୁଝାମଣାରେ ନିଷ୍ପତି ନିଆଯିବ ।




## ମେଡିକାଲ୍ କଲେଜ୍ କ୍ରିୟାନୁଷ୍ଠାନ କମିଟିର 'ପ୍ରେରଣା ଦିବସ' ସମାରୋହ ଅନୁଷ୍ଠିତ



ବାଲେଶ୍ୱର (ପିଏନ୍): ସରକାରୀ ମେଡିକାଲ୍ କଲେଜ୍ ପ୍ରତିଷ୍ଠା କ୍ରିୟାନୁଷ୍ଠାନ କମିଟିର 'ପ୍ରେରଣା ଦିବସ' ସମାରୋହ ଗତ ରବିବାର ଦିନ ପୂର୍ବାହ୍ନରେ ଏକ ଭାବଗମ୍ଭୀର ପରିବେଶ ମଧ୍ୟରେ ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ପରିସରରେ ଥିବା ସଭାଗୃହରେ ମମତା ମହାପାତ୍ରଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ସଭାରେ ଓଡ଼ିଆ ଭାଷା ସାହିତ୍ୟ, ସଂସ୍କୃତି, ପର୍ଯ୍ୟଟନ ଓ ଅବକାରୀ ବିଭାଗର ମନ୍ତ୍ରୀ ଅଶ୍ୱିନୀ ପାତ୍ର ମୁଖ୍ୟଅତିଥି ଭାବେ ଯୋଗଦେଇ ବାଲେଶ୍ୱରରେ ସରକାରୀ ମେଡିକାଲ୍ କଲେଜ୍ ପ୍ରତିଷ୍ଠା ଦାବିରେ କ୍ରିୟାନୁଷ୍ଠାନ କମିଟିର ଅବଦାନ ଇତିହାସ ହୋଇ ରହିବ ବୋଲି ମତ ଦେଇଥିଲେ। ଭୁବନେଶ୍ୱରରେ ଗଣଧାରଣା, ବାଲେଶ୍ୱରରେ ବରିଷ୍ଠ ସଦସ୍ୟଙ୍କ ୭ଦିନ ବ୍ୟାପୀ ଆମରଣ ଅନଶନ, ଭୁବନେଶ୍ୱରରୁ ଫେରୁଥିବା ଗଣଧାରଣାକାରୀଙ୍କ ବସ୍ ଦୁର୍ଘଟଣାରେ ଆହତମାନଙ୍କ ତ୍ୟାଗକୁ ବାଲେଶ୍ୱରବାସୀ କେବେ ଭୁଲିପାରିବେ ନାହିଁ। ମେଡିକାଲ୍ କଲେଜ୍ ପ୍ରତିଷ୍ଠା ପରେବି ଜିଲ୍ଲାବାସୀଙ୍କୁ ଉନ୍ନତ ଓ ଅତ୍ୟାଧୁନିକ ସ୍ୱାସ୍ଥ୍ୟସେବା ଯୋଗାଇଦେବା ଦିଗରେ ଥିବା ସମସ୍ତ ସମସ୍ୟାର ସମାଧାନ ପାଇଁ ଲଗାତର ଉଦ୍ୟମ ଜାରିରଖିବା ଏକ ବିରଳ ଦୃଷ୍ଟାନ୍ତ ବୋଲି ମନ୍ତ୍ରୀ ଶ୍ରୀ ପାତ୍ର ମତ ପ୍ରଦାନ କରିଥିଲେ। କ୍ରିୟାନୁଷ୍ଠାନ କମିଟିର ସାଧାରଣ ସଂପାଦକ ପ୍ରଦୀପ ଦାସ, କାର୍ଯ୍ୟକାରୀ ସଭାପତି ନିରଞ୍ଜନ ପରିଡ଼ା, ବରିଷ୍ଠ ଉପଦେଷ୍ଟା ଶମ୍ଭୁନାଥ ମହାନ୍ତି, ପ୍ରଫେସର ଅନନ୍ତ ପ୍ରଧାନ, ଭଗବାନ ଚନ୍ଦ୍ର ରାଉତ, ଦିଲ୍ଲୀ କମିଟିର ସଭାପତି ପ୍ରଫେସର ଅଜୟ ପଟ୍ଟନାୟକଙ୍କ ସମେତ ସନ୍ୟାସୀ ବେହେରା ଓ ସରସ୍ୱତୀ ପଣ୍ଡା ପ୍ରମୁଖ ସେମାନଙ୍କ ବକ୍ତବ୍ୟରେ ଅତୀତର ବହୁ ଗୌରବମୟ ଆନ୍ଦୋଳନର ତ୍ୟାଗ ଏବେବି ନୂତନ ସଦସ୍ୟ ସଦସ୍ୟାମାନଙ୍କୁ ପ୍ରେରଣା ଯୋଗାଉଛି ବୋଲି ମତପ୍ରକାଶ କରିଥିଲେ। ଗୌରାଙ୍ଗ ପାଣିଗ୍ରାହୀ ପ୍ରେରଣା ଦିବସର ତାତ୍ପର୍ଯ୍ୟ ସଂପର୍କରେ ପ୍ରାରମ୍ଭିକ ସୂଚନା ଦେଇ ଅତିଥିମାନଙ୍କୁ ମଞ୍ଚକୁ ଆହ୍ୱାନ କରିଥିଲେ। କ୍ରିୟାନୁଷ୍ଠାନ କମିଟି ପକ୍ଷରୁ ମନ୍ତ୍ରୀଙ୍କୁ ଦିଆଯାଇଥିବା ଦାବିପତ୍ର ଉପରେ ସ୍ୱାସ୍ଥ୍ୟମନ୍ତ୍ରୀଙ୍କ ସହ କ୍ରିୟାନୁଷ୍ଠାନ କମିଟିର ପ୍ରତିନିଧିମାନଙ୍କ ସହ ଏକ ଆଲୋଚନା ତୁରନ୍ତ କରାଇବା ପାଇଁ ସେ ପ୍ରତିଶ୍ରୁତି ଦେଇଥିଲେ। ଅତିରିକ୍ତ ସାଧାରଣ ସଂପାଦକ ଇଂ. ହୃଷିକେଶ ସାହୁ ଧନ୍ୟବାଦ ଦେଇଥିଲେ। ଜିଲ୍ଲା କ୍ରିୟାନୁଷ୍ଠାନ କମିଟିର ଶତାଧିକ ସଦସ୍ୟ ସଦସ୍ୟା ଏହି ସଭାରେ ଉପସ୍ଥିତ ଥିଲେ।

## ଶ୍ରୀ ବିରଜା ସେବା ସମିତିର ମା' ବିରଜାଙ୍କ ପାର୍ବଣ ଉପଲକ୍ଷେ ସ୍ୱତନ୍ତ୍ର ପ୍ରସ୍ତୁତି ବୈଠକ

ଯାଜପୁର (ପିଏନ୍): ବିରଜା ସେବାସମିତିର ପାର୍ବଣ ଉପଲକ୍ଷେ ଏକ ସ୍ୱତନ୍ତ୍ର ପ୍ରସ୍ତୁତି ବୈଠକ ସଭାପତି ବିଶ୍ୱମ୍ଭର ମିଶ୍ରଙ୍କ ସଭାପତିତ୍ୱରେ ବିରଜା ମନ୍ଦିର ପରିସରରେ ଅନୁଷ୍ଠିତ ହୋଇଯାଇଛି। ସମ୍ପାଦକ ପାଣ୍ଡବ ଚରଣ ସାହୁ ପୂର୍ବ ବୈଠକର ବିବରଣୀ ପାଠ କରିବା ସହିତ ସଙ୍ଗେ ସଙ୍ଗେ ମା'ଙ୍କ ରଥ ଯାତ୍ରା ଉତ୍ସବରେ ପୂର୍ବ ପ୍ରଚଳିତ ନୀତି ନିୟମ ଅନୁସାରେ ସେ ସମସ୍ତ କାର୍ଯ୍ୟ କରାଯିବା ପାଇଁ ସୂଚନା ପ୍ରଦାନ କରିଥିଲେ। ରଥଯାତ୍ରା ଧାରାବିବରଣୀ ପାଇଁ ପଣ୍ଡିତ ବିଦ୍ୱାନ ବ୍ୟକ୍ତିଙ୍କୁ ନିମନ୍ତ୍ରଣ କରାଯିବା, ଭଜନ କାର୍ଯ୍ୟକ୍ରମ ଲାଗି ସଂଗୀତକାରମାନଙ୍କ ସହିତ ଯୋଗାଯୋଗ କରିବା ଟେଷ୍ଟ ହାଉସ୍ ବରାଦି ଦେବା, କାନିକା ପ୍ରସ୍ତୁତି କରିବା ଲାଗି ବୈଠକରେ ଆଲୋଚନା ହେବା ସଙ୍ଗେ ସଙ୍ଗେ ସଂସ୍କୃତି ବିଭାଗକୁ ଅର୍ଥ ପ୍ରଦାନ କରାଯିବା ପାଇଁ ଚିଠି କରାଯିବାକୁ ସ୍ଥିର କରାଗଲା। ବିରଜା ସେବା ସମିତିର ବୈଠକ ଲାଗି ମନ୍ଦିର ପରିସରରେ ଏକ ଗୃହ ପ୍ରଦାନ କରିବା ଲାଗି ଜିଲ୍ଲାପାଳଙ୍କୁ ଲିଖିତ ନିବେଦନ କରାଯିବାକୁ ସ୍ଥିର କରାଗଲା। ବ୍ୟାଙ୍କ ଓ କ୍ୟାସ୍ ବୁକ୍ କାର୍ଯ୍ୟ ଠିକ୍‌ଠାକ୍ କରିବାକୁ ଉପସଭାପତି ପ୍ରମୋଦ ଦ୍ୱିବେଦୀ, ନିରୀକ୍ଷକ ରମେଶ ଚନ୍ଦ୍ର ରାଉତ ଓ ହରିହର ବେହେରାଙ୍କୁ ଅନୁରୋଧ କରାଗଲା। ଉକ୍ତ ବୈଠକରେ ସଭ୍ୟ ଗୋବିନ୍ଦ ଚନ୍ଦ୍ର ସ୍ୱାଇଁ, ବନବିହାରୀ ମହାପାତ୍ର, ଶରତ ଚନ୍ଦ୍ର ମହାରଣା, ବୃନ୍ଦାବନ ମିଶ୍ର, ବସନ୍ତ କୁମାର ଦାସ, ମଧୁସୂଦନ ମହାନ୍ତି, ଶ୍ରୀନାଥ ମହାନ୍ତି, ସୁବାସ ଚନ୍ଦ୍ର ମହାନ୍ତି, ମହେନ୍ଦ୍ର କୁମାର ଦାସ, ବ୍ରଜ କିଶୋର ମହାନ୍ତି, ରବି ଶତପଥୀ, ବ୍ରହ୍ମାନନ୍ଦ ସ୍ୱାଇଁ, ପ୍ରବୋଧ କୁମାର ନାୟକ ପ୍ରମୁଖ ଉପସ୍ଥିତ ରହି ଆଲୋଚନାରେ ଅଂଶଗ୍ରହଣ କରିଥିଲେ। ସର୍ବଶେଷରେ କ୍ଷୀରୋଦ ଚନ୍ଦ୍ର ପାଠୀ ଧନ୍ୟବାଦ ଅର୍ପଣ କରିଥିଲେ।

## କୃଷି ମହାବିଦ୍ୟାଳୟ ଓ ଗବେଷଣା କେନ୍ଦ୍ରର ପ୍ରତିଷ୍ଠା କ୍ରିୟାନୁଷ୍ଠାନ କମିଟିର ବୈଠକ

ବାଲେଶ୍ୱର (ପିଏନ୍)-ସରକାରୀ କୃଷି ମହାବିଦ୍ୟାଳୟ ଓ ଗବେଷଣା କେନ୍ଦ୍ର ପ୍ରତିଷ୍ଠା କ୍ରିୟାନୁଷ୍ଠାନ କମିଟିର ଷଷ୍ଠ ବୈଠକ ଅନୁଷ୍ଠିତ ହୋଇଯାଇଛି। ଗତ ୬ ମାସ ଧରି କମିଟି ପକ୍ଷରୁ ବୈଠକ କରାଯାଇ ଏହାକୁ କିପରି ବ୍ୟାପକ କରାଯିବ ସେ ସମ୍ପର୍କରେ ଆଲୋଚନା କରାଯାଇଛି। କୃଷି ବୈଜ୍ଞାନିକ ଡ. କେଶବ ଚରଣ ପଣ୍ଡାଙ୍କ ଆବାହକତ୍ୱରେ ଅନୁଷ୍ଠିତ ବୈଠକରେ ଅନନ୍ତ କୁମାର ଦତ୍ତ ଅଧ୍ୟକ୍ଷତା କରିଥିଲେ। ଡ. କେଶବ ଚରଣ ପଣ୍ଡା ଏହି ଅନୁଷ୍ଠାନର ୬ ମାସ କାର୍ଯ୍ୟ ମଧ୍ୟରେ ବିଭିନ୍ନ ଅନୁଷ୍ଠାନ ସମର୍ଥନ ଜଣାଇଥିବା ପ୍ରକାଶ କରିଥିଲେ। ବିଭିନ୍ନ ବ୍ଲକ ସହିତ ବାଲେଶ୍ୱର ସହରରେ ଥିବା ପ୍ରାୟ ୧୦ଟି ସାମାଜିକ ସଂଗଠନ ମଧ୍ୟ ମୁଖ୍ୟମନ୍ତ୍ରୀ, କୃଷିମନ୍ତ୍ରୀ, କୃଷି ବିଭାଗ, ସଚିବ ଉଦ୍ଦେଶ୍ୟରେ ଦାବିପତ୍ର ଦେଇଛନ୍ତି। ଅଧିକରୁ ଅଧିକ ଜନସମର୍ଥନ ପାଇଁ ଆସନ୍ତା ଦୁର୍ଗା ପୂଜାରେ ଜିଲ୍ଲା ସମେତ ପୂଜା ମଣ୍ଡପ ନିକଟରେ କୃଷି ମହାବିଦ୍ୟାଳୟ ପ୍ରତିଷ୍ଠା ସମ୍ବଳିତ ବ୍ୟାନର ଲଗାଇବାକୁ ପୂଜା କମିଟିମାନଙ୍କୁ ଅନୁରୋଧ କରିବା ଏବଂ ପ୍ରଚାର ପତ୍ର ମାଧ୍ୟମରେ ବ୍ୟାପକ ସମର୍ଥନ ପାଇଁ ଉଦ୍ୟମ କରାଯିବାକୁ ନିଷ୍ପତ୍ତି କରାଯାଇଥଲା। ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁଙ୍କ ଅଭିନନ୍ଦନ ପତ୍ର ଏହି ଦାବି ସମ୍ପର୍କରେ ଅବଗତ କରାଇବା ଓଡ଼ିଶା କୃଷି ବିଦ୍ୟାଳୟ ଓ ଫକୀରମୋହନ ବିଶ୍ୱବିଦ୍ୟାଳୟ କୁଳପତିଙ୍କୁ ଅବଗତ କରାଇବାକୁ ନିଷ୍ପତ୍ତି ନିଆଯାଇଛି। ବାଲେଶ୍ୱରରେ କୃଷି ମହାବିଦ୍ୟାଳୟ ଓ ଗବେଷଣା କେନ୍ଦ୍ର ପ୍ରତିଷ୍ଠା ହେଲେ ଛାତ୍ରଛାତ୍ରୀଙ୍କ ଶିକ୍ଷା ଗ୍ରହଣ ସାଙ୍ଗକୁ କୃଷକ ଓ କୃଷିର ବିକାଶ କ୍ଷେତ୍ରରେ ବେଶ ସହାୟକ ହେବ ବୋଲି ବୈଠକରେ ମତ ପ୍ରକାଶ କରିଥିଲେ। ଏଥିରେ ଅଭୟ ଚନ୍ଦ୍ର ମିଶ୍ର, ରବିନାରାୟଣ ଭୋଳ, ଅପର୍ଣ୍ଣା ମହାପାତ୍ର, ପ୍ରବୋଧ କୁମାର ପାତ୍ର, ଭୂପତି କୁମାର ପାତ୍ର, ପ୍ରଫୁଲ୍ଲ କୁମାର ଦାସ, ଅନନ୍ତ ପଟ୍ଟନାୟକ, ପୂର୍ଣ୍ଣଚନ୍ଦ୍ର ମହାପାତ୍ର, ରବି କୁମାର ପାଣିଗ୍ରାହୀ ଓ ନିରଞ୍ଜନ ପରିଡ଼ା ପ୍ରମୁଖ ଆଲୋଚନାରେ ଅଂଶଗ୍ରହଣ କରିଥିଲେ। ଭାସ୍କର ଚନ୍ଦ୍ର ପାଣି ଧନ୍ୟବାଦ ଦେଇଥିଲେ।

## ମନସା ଚାରିଟେବୁଲ୍ ଟ୍ରଷ୍ଟ ପକ୍ଷରୁ ରକ୍ତଦାନ ଶିବିର

ପାରାଦୀପ (ପିଏନ୍)- ପାରାଦୀପ ଅଂଚଳର ଅଗ୍ରଣୀ ସ୍ୱେଚ୍ଛାସେବୀ ସଙ୍ଗଠନ ମନସା ଚାରିଟେବୁଲ୍ ଟ୍ରଷ୍ଟ ପକ୍ଷରୁ ପାରାଦୀପ ମହାବିଦ୍ୟାଳୟ ପରିସରରେ ଏକ ରକ୍ତଦାନ ଶିବିର ଆୟୋଜିତ ହୋଇଥିଲା। ପାରାଦୀପ ମହାବିଦ୍ୟାଳୟ ନାଭାଲ ଏନ୍.ସି.ସି. ସହଯୋଗରେ ଆୟୋଜିତ ଏହି ଶିବିରକୁ ପାରାଦୀପ ବନ୍ଦର ଅଧ୍ୟକ୍ଷ ପି.ଏଲ୍. ହରନାଦ ପାରାଦୀପ ମହାବିଦ୍ୟାଳୟର ଅଧ୍ୟକ୍ଷା ଡ. ସସ୍ମିତା ଶତପଥୀଙ୍କ ସମେତ ଅନ୍ୟ ସମ୍ମାନନୀୟ ଅତିଥିମାନଙ୍କ ଉପସ୍ଥିତିରେ ଉଦ୍‌ଘାଟନ କରିଥିଲେ। ଏହି ଶିବିରକୁ ମନସା ଚାରିଟେବୁଲ୍ ଟ୍ରଷ୍ଟର ପ୍ରତିଷ୍ଠାତା ଅଧ୍ୟକ୍ଷ ମୃତ୍ୟୁଂଜୟ ମିଶ୍ର ପରିଚାଳନା କରିଥିଲେ। ଏହି ଅବସରରେ ବନ୍ଦର ଅଧ୍ୟକ୍ଷ ଶ୍ରୀ ହରନାଦ ରକ୍ତଦାନ ଶିବିର ଏକ ମହାନ୍ କାର୍ଯ୍ୟ, ଏଭଳି କାର୍ଯ୍ୟକୁ ସେ ଉଚ୍ଚ ପ୍ରଶଂସା କରିବା ସହ ରକ୍ତଦାତାଙ୍କୁ ଅଭିନନ୍ଦନ ଜଣାଇଥିଲେ। ପବିତ୍ର ରାଧାଷ୍ଟମୀ ଅବସରରେ ପୁରୁଷମାନଙ୍କ ସହିତ ସମାନଭାବେ ମହିଳାମାନେ ରକ୍ତଦାନ କରିବାକୁ ଆଗ୍ରହ ପ୍ରକାଶ କରିଥିବାରୁ ଶ୍ରୀ ମିଶ୍ର ସମସ୍ତଙ୍କୁ ଧନ୍ୟବାଦ ଦେଇଥିଲେ। ଏହି ଶିବିରରେ ରକ୍ତଦାନ କରିଥିବା ସମସ୍ତ ରକ୍ତଦାତାମାନେ ଅନ୍ୟମାନଙ୍କ ପାଇଁ ପ୍ରେରଣାର ଉତ୍ସ, କାରଣ ସେମାନଙ୍କଠାରୁ ଅନ୍ୟମାନେ ରକ୍ତଦାନ ପାଇଁ ଶିକ୍ଷାଲାଭ କରିବେ ବୋଲି ସେ ଆଶା ପ୍ରକଟ କରିଥିଲେ।

## ଭାରତ ଯୋଡ କାର୍ଯ୍ୟକ୍ରମ ଅବସରରେ ରାଉରକେଲାରେ ସର୍ବଧର୍ମ ପ୍ରାର୍ଥନା ସଭା ଓ ପଦଯାତ୍ରା ଅନୁଷ୍ଠିତ

ରାଉରକେଲା (ପିଏନ୍): ସେପ୍ଟେମ୍ବର ୭ ତାରିଖ ଠାରୁ କଂଗ୍ରେସର ଭାରତ ଯୋଡ ଯାତ୍ରା କନ୍ୟାକୁମାରୀଠାରୁ ଆରମ୍ଭ ହୋଇଛି। ଏହି ଭାରତ ଯୋଡ ଯାତ୍ରା ଆମର ପ୍ରିୟନେତା ରାହୁଳ ଗାନ୍ଧୀଙ୍କ ନେତୃତ୍ୱରେ ଆରମ୍ଭ ହୋଇ କାଶ୍ମୀର ପର୍ଯ୍ୟନ୍ତ ପ୍ରାୟ ୩ ହଜାର ୫୭୧ କିଲୋମିଟର ଅତିକ୍ରମ କରିବ। ଏହି କାର୍ଯ୍ୟକ୍ରମକୁ ରାଉରକେଲା ଜିଲ୍ଲା କଂଗ୍ରେସ କମିଟି ଅଖିଳ ଭାରତୀୟ ଜାତୀୟ କଂଗ୍ରେସର ନିର୍ଦ୍ଦେଶ ଅନୁଯାୟୀ ପ୍ରଦେଶ କଂଗ୍ରେସ କମିଟି ସଭାପତି ଶରତ ପଟ୍ଟନାୟକଙ୍କ ମାର୍ଗଦର୍ଶନରେ ଜିଲ୍ଲା ସ୍ତରରେ ପାଳନ କରିବ। ଏହି ପରିପ୍ରେକ୍ଷୀରେ ବାସନ୍ତୀ ନଗର ବାଜିରାଉତ ଛକଠାରେ ସର୍ବଧର୍ମ ପ୍ରାର୍ଥନା ସଭା ଅନୁଷ୍ଠିତ ହେବା ସହିତ ଭାରତ ଯୋଡ କାର୍ଯ୍ୟକ୍ରମର ଶୁଭାରମ୍ଭକୁ ବଡପରଦା ମାଧ୍ୟମରେ ପ୍ରଦର୍ଶନ କରାଯାଇଛି। ସେପ୍ଟେମ୍ବର ୮ ତାରିଖ ଦିନ ସକାଳ ୮ଟାରୁ ରାହୁଲଜୀଙ୍କ ଭାରତ ଯୋଡ ପଦଯାତ୍ରାକୁ ସ୍ୱାଗତ କରି ଜିଲ୍ଲା କଂଗ୍ରେସର କର୍ମକର୍ତ୍ତାମାନେ ସ୍ଥାନୀୟ ବାସନ୍ତୀ ଡିଏଭି ଛକଠାରୁ ଏକ ପଦଯାତ୍ରାରେ ବାହାରି ଜେଲ୍ ରୋଡ୍, ଆଇଟିଆଇ, ଖରିଆବାହାଲ, କୋଏଲବ୍ୟାଙ୍କ, ରିଜର୍ଭ ପୋଲିସ୍ କଲୋନୀ, ଗଙ୍ଗାଧରପାଲ୍ଲୀ, ଏଫ୍‌ସିଆଇ ମଧ୍ୟଦେଇ ପୁନଶ୍ଚ ଡିଏଭି ଛକଠାରେ ସମ୍ପନ୍ନ ହୋଇଛି। ଏହି ଉଭୟ କାର୍ଯ୍ୟକ୍ରମକୁ ସଫଳ କରିବା ପାଇଁ ଗତ ୬ ତାରିଖରେ ଜିଲ୍ଲା କଂଗ୍ରେସର ଏକ ପ୍ରସ୍ତୁତି ବୈଠକ ସ୍ଥାନୀୟ କଂଗ୍ରେସ ଭବନଠାରେ ଅନ୍ତରୀଣ ସଭାପତି ଦେବବ୍ରତ ବିହାରୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଥିଲା। ଏହି କାର୍ଯ୍ୟକ୍ରମରେ ପୂର୍ବତନ ଜିଲ୍ଲା ସଭାପତି ବିରେନ ସେନାପତି, ପ୍ରାକ୍ତନ ବିଧାୟକ ପ୍ରାର୍ଥୀ ପ୍ରଶାନ୍ତ ସେଠୀ, ପୂର୍ବତନ ପିସିସି ସମ୍ପାଦକ ଗଣେଶ ପ୍ରଧାନ ଓ ସବୀର ହୁସେନ, ପିସିସି ସଦସ୍ୟା ପ୍ରଭାତୀ ମିଶ୍ର, ଓବସି ସେଲ୍‌ର ରାଷ୍ଟ୍ରୀୟ ସହସଂଯୋଜକ କୈଳାସ ଚନ୍ଦ୍ର ସାହୁ, ଯୁବ କଂଗ୍ରେସ ସଭାପତି ଜ୍ଞାନେନ୍ଦ୍ର ଦାସ, ଲିଗାଲ ସେଲ୍ ଅଧ୍ୟକ୍ଷ ବିସ୍ମୟ ଦାସ, ବ୍ଲକ୍ ସଭାପତି ରଘୁନାଥ ଦାସ ଓ ଯୁବନେତା ସାକିର ହୁସେନ ପ୍ରମୁଖ ବକ୍ତବ୍ୟ ରଖି କାର୍ଯ୍ୟକ୍ରମକୁ ସଫଳ କରିବା ପାଇଁ ବିଭିନ୍ନ ଉପାଦେୟ ପ୍ରସ୍ତାବ ଦେଇଥିଲେ। ଜିଲ୍ଲା କଂଗ୍ରେସ ସାଧାରଣ ସମ୍ପାଦକ ରାଜେଶ ଟପ୍ପୋ ଧନ୍ୟବାଦ ଅର୍ପଣ କରିଥିବା ବେଳେ ଅନ୍ୟତମ ସାଧାରଣ ସମ୍ପାଦକ ଏମ୍‌ଡି ନଜମୁଦ୍ଦିନ, ତୁଳସୀ ନାଗ, ବ୍ଲକ୍ ସଭାପତି ଧୁସା ନାୟକ, ସୁନୀଲ ପଟ୍ଟନାୟକ, ମହିଳା ରାଜ୍ୟ ସମ୍ପାଦିକା ଲତା ନାୟକ, ସମ୍ପାଦିକା ପ୍ରତିମା ପାଣିଗ୍ରାହୀ ଓ ସରସ୍ୱତି ଭୂମିଜ, କାର୍ଯ୍ୟନିର୍ବାହୀ ଲୋକନାଥ ଭୂମିଜ, ସୁଧୀର ନାଥ, ବିଶ୍ୱଜିତ ସାହୁ, ପ୍ରଭାକର ଭୋଳ, ବିଦ୍ୟାଧର ସିଂହ, ଭାସ୍କର ଖିଲ୍ଲାର, ସଦସ୍ୟ ଦିଲ୍ଲୀପ ଜେନା, ରୁକସାନା ବେଗମ, ସେବାଦଳର ବୁଲୁ ଦାସ, ଚକ୍ରଧର ବିଶ୍ୱାଳ, ବାବୁ ଖାନ, ରେହେମାନ ଖାନ, ସୋନୁ ସାହୁ, ଝୁନୁ ପଟ୍ଟନାୟକ ପ୍ରମୁଖଙ୍କ ସମେତ ବହୁ ଦଳୀୟ ନେତୃବୃନ୍ଦ ଉପସ୍ଥିତ ରହି ନିଜ ନିଜର ସୁଚିନ୍ତିତ ମତାମତ ପ୍ରଦାନ କରିଥିଲେ ବୋଲି ଦଳ ତରଫରୁ ଏକ ପ୍ରେସ୍ ବିବୃତିରେ କୁହାଯାଇଛି।

## ଫସଲ କ୍ଷତିଗ୍ରସ୍ତ ଚାଷୀଙ୍କ ପାଇଁ ପ୍ରଚଳିତ କୃଷି ଇନପୁଟ୍ ସହାୟତାର ଦୁଇଗୁଣା ବୃଦ୍ଧି ଦାବୀରେ ପିସିସି କିଷାନ କଂଗ୍ରେସ ଅଧ୍ୟକ୍ଷଙ୍କ କେନ୍ଦ୍ର ଗୃହମନ୍ତ୍ରୀଙ୍କ ନିକଟକୁ ସ୍ମାରକପତ୍ର

ଭୁବନେଶ୍ୱର (ପିଏନ୍)- ଚାଷୀ ବିଭିନ୍ନ ସମୟରେ ପ୍ରାକୃତିକ ବିପର୍ଯ୍ୟୟ ଦ୍ୱାରା ବ୍ୟାପକ ଫସଲ କ୍ଷତିର ସମ୍ମୁଖୀନ ହୋଇଥାଏ। ଏହି କ୍ଷତିର ଭରଣା ପାଇଁ ଫସଲ କ୍ଷତିଗ୍ରସ୍ତ ଚାଷୀଙ୍କୁ କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ପ୍ରାକୃତିକ ବିପର୍ଯ୍ୟୟ ପାଣ୍ଠିରୁ କୃଷି ଇନପୁଟ୍ ସହାୟତା ଯୋଗାଇ ଦେବାର ବ୍ୟବସ୍ଥା ରହିଛି। ଯେଉଁ ସହାୟତା କି ଆଜିର ଚାଷରେ ଖର୍ଚ୍ଚର କ୍ଷତି ଭରଣାରେ ସହାୟକ ହେଉନାହିଁ। କାରଣ ଧାନରେ ପ୍ରତି ହେକ୍ଟର ପିଛା ପ୍ରାୟ ୬୦ ହଜାର ଟଙ୍କା ଖର୍ଚ୍ଚ କରାଯାଉଥିବା ବେଳେ ସରକାର କ୍ଷତିଗ୍ରସ୍ତ ଚାଷୀଙ୍କୁ ଜଳସେଚିତ ଅଞ୍ଚଳ ପାଇଁ ହେକ୍ଟର ପିଛା ୧୩ହଜାର ୫୦୦ ଓ ଅଣ ଜଳସେଚିତ ଅଞ୍ଚଳ ପାଇଁ ୬ ହଜାର ୮୦୦ ଏବଂ ସର୍ବନିମ୍ନ ସହାୟତା ୨ ହଜାର ଟଙ୍କା ଦେବା ପାଇଁ ଯେଉଁ ବ୍ୟବସ୍ଥା ରଖିଛନ୍ତି, ତାହା ସମୁଦ୍ରକୁ ଶଙ୍ଖେ। ପ୍ରଚଳିତ ବ୍ୟବସ୍ଥାରେ ଥିବା ସହାୟତା ରାଶିକୁ ଅତ୍ୟନ୍ତ ପକ୍ଷେ ଦୁଇଗୁଣା ବୃଦ୍ଧି କରାଯିବା ଜରୁରୀ। ନିକଟରେ ଅତିଶୟ ବର୍ଷା ଓ ବନ୍ୟାରେ ରାଜ୍ୟର ୧୦ଟି ଜିଲ୍ଲାରେ ଲକ୍ଷ ଲକ୍ଷ ହେକ୍ଟର ଚାଷଜମିର ଫସଲ ନଷ୍ଟ ହୋଇ ଯାଇଛି। ଅଦ୍ୟାବଧି ସରକାରଙ୍କ ପକ୍ଷରୁ କ୍ଷୟ କ୍ଷତିର ସଠିକ୍ ଆକଳନ କରାଯାଇ ନାହିଁ କିମ୍ବା ଦୁସ୍ଥିତିରେ ଥିବା ଚାଷୀଙ୍କୁ କୃଷି ଇନପୁଟ୍ ସହାୟତା ଯୋଗାଇ ଦିଆଯାଇ ନାହିଁ। ତେଣୁ ପ୍ରଚଳିତ କୃଷି ଇନପୁଟ୍ ସହାୟତାର ପରିମାଣକୁ ସଂଶୋଧନ କରାଯାଇ ଅତ୍ୟନ୍ତ ପକ୍ଷେ ଏହାର ଦୁଇଗୁଣା ବୃଦ୍ଧି ଅର୍ଥାତ ଜଳସେଚିତ ଅଞ୍ଚଳ ପାଇଁ ପ୍ରତି ହେକ୍ଟର ପିଛା ୨୭ହଜାର ଟଙ୍କା ଓ ଅଣ ଜଳସେଚିତ ଅଞ୍ଚଳ ପାଇଁ ପ୍ରତି ହେକ୍ଟର ପିଛା ୧୩ହଜରା ୬ଶହ ଟଙ୍କା ଓ ସର୍ବନିମ୍ନ ଭାବେ ଚାଷୀଙ୍କୁ ଯଥାକ୍ରମେ ୬ହଜାର ଓ ୪ ହଜାର ଟଙ୍କା କୃଷି ଇନପୁଟ୍ ସହାୟତା ଯୋଗାଇ ଦେବାକୁ ଓଡ଼ିଶା ପ୍ରଦେଶ କିଷାନ କଂଗ୍ରେସ ଅଧ୍ୟକ୍ଷ ଅମିୟ କୁମାର ପଟ୍ଟାନାୟକ ଗତ ସେପ୍ଟେମ୍ବର ୬ ତାରିଖ ଦିନ ନୂଆଦିଲ୍ଲୀଠାରେ କେନ୍ଦ୍ର ଗୃହମନ୍ତ୍ରୀ ଓ କୃଷି ଓ କୃଷକ କଲ୍ୟାଣ ମନ୍ତ୍ରୀଙ୍କ ନିକଟକୁ ପୃଥକ ପୃଥକ ଭାବେ ପିସିସି କିଷାନ କଂଗ୍ରେସ ପକ୍ଷରୁ ଏକ ଦାବୀପତ୍ର ପ୍ରଦାନ କରିଛନ୍ତି। ଏଥି ପୂର୍ବରୁ ଗତ ୧ ତାରିଖ ଦିନ ଓଡ଼ିଶାର ମୁଖ୍ୟମନ୍ତ୍ରୀଙ୍କ ନିକଟକୁ କିଷାନ କଂଗ୍ରେସ ପକ୍ଷରୁ ଏହି ମର୍ମରେ ଏକ ସ୍ମାରକପତ୍ର ପ୍ରଦାନ କରାଯାଇଥିବା ଶ୍ରୀ ପଟ୍ଟନାୟକ କହିଛନ୍ତି।


# DISPLAY CLASSIFIED

FOR ADVERTISEMENT CONTACT

Phone No. (0674) 2555116/9853400829

Fax: (0674) 2550504

E-mail : paryabekhyak@gmail.com

editorpbkc@gmail.com

TARIFF: 10c.m.x 4cm: Rs. 8,000/- (One Month)

10c.m.x 4cm: Rs. 350/- (One day)

5c.m.x 4cm: Rs. 5,000/- (One Month)

5c.m.x 4cm: Rs. 200/- (One day)

ADMISSION ON

MPS PLAY HOME

Where awareness nurtured, innocence blossoms.

For

PRE-NURSERY, NURSERY, L.K.G. & U.K.G.

N-3B-14/15, Ekamra Kanan Road,Nayapalli, BBSR

Tel : (0674) 2556225, 2558884, Fax : 2550504

Email : maharishipublicschool@yahoo.com

Web : www.maharishipublicschool.com

Mahaditya Publication

VED BHAWAN

Creating Peace, Progress & Prosperity

For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.

DO YOU NEED PUNDITS / ASTROLOGERS / VASTU EXPERTS ?

Contact :

Near Mukteswar Temple,

Sarbodaya Nagar, Puri.

N-3, B-14/15, MPS Campus, Nayapalli, Bhubaneswar

Ph. 0674-2550786, Fax : 0674-2550504

Email.: yagyaanusthan@sify.com

Praggyan Communication

ADMISSION ON

MAHARISHI PUBLIC SCHOOL

your gateway to complete education

For

PRE-NURSERY, NURSERY, L.K.G., U.K.G., Std-1 to Std-VIII

Baghra Road, Baripada

Tel-06792-255227

Email : maharishipublicschool@yahoo.com

Web : www.maharishipublicschool.com


## ଅନ୍ୱେଷଣ ଥିଏଟର ଗ୍ରୁପ ପକ୍ଷରୁ ଗୁରୁଦିବସ ପାଳିତ

ଯାଜପୁର (ପିଏନ୍): ଯାଜପୁରର ଅଗ୍ରଣୀ ସ୍ୱେଚ୍ଛାସେବୀ ଓ ସାଂସ୍କୃତିକ ଅନୁଷ୍ଠାନ ପକ୍ଷରୁ ଗୁରୁଦିବସ ପାଳିତ ହୋଇଅଛି। ଅନୁଷ୍ଠାନର ମୁଖ୍ୟ ଉପଦେଷ୍ଟା ରାଷ୍ଟ୍ରପତି ପୁରସ୍କାରପ୍ରାପ୍ତ ଶିକ୍ଷକ ପଣ୍ଡିତ ଭୂପତି ଭୂଷଣ ମିଶ୍ରଙ୍କ ବାସଭବନରେ ଅନୁଷ୍ଠାନର ସଭାପତି ବୃନ୍ଦାବନ ମିଶ୍ରଙ୍କ ଅଧ୍ୟକ୍ଷତାରେ ସମ୍ପାଦକ ଅଭିମନ୍ୟୁ ମିଶ୍ର, ଉପଦେଷ୍ଟା ଉତ୍କଳ ସାମ୍ବାଦିକ ସଂଘର ଯାଜପୁର ଜିଲ୍ଲା ସଭାପତି ହରିହର ସ୍ୱାଇଁ, ନାଟ୍ୟ ନିର୍ଦ୍ଦେଶକ ଅନିଲ୍ କୁମାର ଜେନା ପ୍ରମୁଖ ପହଞ୍ଚି ପଣ୍ଡିତ ଭୂପତି ଭୂଷଣ ମିଶ୍ରଙ୍କୁ ଅନୁଷ୍ଠାନର ଗୁରୁଭାବେ ଗୁରୁପୂଜନ କରିଥିଲେ। ଏତଦ୍‌ବ୍ୟତୀତ ନାଟ୍ୟ ନିର୍ଦ୍ଦେଶକ ଅନିଲ କୁମାର ଜେନାଙ୍କୁ ନାଟ୍ୟ ଗୁରୁଭାବରେ ଅନୁଷ୍ଠାନ ପକ୍ଷରୁ ପୂଜା କରାଯାଇଥିଲା। ପଣ୍ଡିତ ମିଶ୍ର ସମସ୍ତଙ୍କୁ ଆଶୀର୍ବାଦ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ସଂଗଠକ ସମ୍ପାଦକ ଧନଞ୍ଜୟ ନାୟକ, କୋଷାଧ୍ୟକ୍ଷ ଧନଞ୍ଜୟ ପୃଷ୍ଟି, ସହ-ସମ୍ପାଦିକା ସ୍ୱାତି ପଣ୍ଡା, ଅଚ୍ୟୁତାନନ୍ଦ ସ୍ୱାଇଁ, ରଂଜନ କୁମାର ବେହେରା ଓ ଶିଶୁ କଣ୍ଠଶିଳ୍ପୀ ଦେବେଶ୍ୱର ସ୍ୱାଇଁ ପ୍ରମୁଖ ଯୋଗଦେଇ ଗୁରୁପୂଜନ କରିଥିଲେ। ସହ-ସମ୍ପାଦକ ସ୍ୱାତି ପଣ୍ଡା ସମସ୍ତଙ୍କୁ ଧନ୍ୟବାଦ ଦେଇଥିଲେ।

## ବଜ୍ରପାତରେ ଜଣେ ରାଜମିସ୍ତ୍ରୀଙ୍କ ମୃତ୍ୟୁ

ବାଲେଶ୍ୱର (ପିଏନ୍)-ବାଲେଶ୍ୱର ଜିଲ୍ଲା ରେମୁଣା ବ୍ଲକ ଭୀମପୁରାଠାରେ ଏକ ପକ୍କାଘର କାମ ଚାଲିଥିବା ବେଳେ ବଜ୍ରପାତରେ ଜଣେ ବ୍ୟକ୍ତିଙ୍କ ମୃତ୍ୟୁ ଘଟିଛି। ମୃତବ୍ୟକ୍ତି ଜଣକ ହେଉଛନ୍ତି ଚିରଜ୍ ବିଶ୍ୱାଳ। ସୂଚନା ଅନୁସାରେ ଚିରଜ୍ ବିଶ୍ୱାଳ ଓ ତାଙ୍କ ସ୍ତ୍ରୀ ସସ୍ମିତା ସେଠୀ ଦୁହେଁ ୮ ମାସ ତଳେ ଆସି ବାଲେଶ୍ୱରରେ ରହୁଥିଲେ। ଚିରଜ୍ ବିଶ୍ୱାଳ ଜଣେ ରାଜମିସ୍ତ୍ରୀ ଥିଲେ। ବାଲେଶ୍ୱର ଭୀମପୁରା ଅଞ୍ଚଳରେ ଏକ ୩ ମହଲା ବିଶିଷ୍ଟ ଘର କାମ କରୁଥିବା ବେଳେ ବଜ୍ରପାତରେ ସେ ଛାତ ତଳକୁ ଖସିପଡ଼ିଥିଲେ। ଫଳରେ ତାଙ୍କର ମୃତ୍ୟୁ ହୋଇଥିଲା। ତାଙ୍କ ସହିତ ଆଉ ତିନିଜଣ କାମ କରୁଥିଲେ। ସେମାନେ ଆହତ ହୋଇଥିବା ବେଳେ ଏବେ ସୁସ୍ଥ ଥିବାର ଜଣାପଡ଼ିଛି। ମୃତଦେହକୁ ବାଲେଶ୍ୱର ହସ୍‌ପିଟାଲ ଅଣାଯାଇ ଶବ ବ୍ୟବଚ୍ଛେଦ କରାଯାଇଛି।

## ଏଆଇସିସି ଓବିସି ସେଲ୍‌ର ରାଷ୍ଟ୍ରୀୟ ସହସଂଯୋଜକଙ୍କୁ ଜିଲ୍ଲା କଂଗ୍ରେସର ସ୍ୱାଗତ

ରାଉରକେଲା (ପିଏନ୍): ରାଉରକେଲା ଜିଲ୍ଲା କଂଗ୍ରେସର ମୁଖପାତ୍ର ତଥା ପ୍ରଦେଶ କଂଗ୍ରେସ ଓବିସି ସେଲ୍‌ର ଆବାହକ କୈଳାସ ଚନ୍ଦ୍ର ସାହୁଙ୍କୁ ଇତିମଧ୍ୟରେ ଅଖିଳ ଭାରତ କଂଗ୍ରେସ କମିଟିର ପଛୁଆ ବର୍ଗ (ଓବିସି) ବିଭାଗର ରାଷ୍ଟ୍ରୀୟ ସହସଂଯୋଜକ ଦାୟିତ୍ୱ ପ୍ରଦାନ କରାଯାଇଥିବାରୁ ରାଉରକେଲା ଜିଲ୍ଲା କଂଗ୍ରେସ ତରଫରୁ ଏହାକୁ ସ୍ୱାଗତ କରାଯାଇଛି। ଏହି ପରିପ୍ରେକ୍ଷୀରେ ଗତ ୬ ତାରିଖରେ ସ୍ଥାନୀୟ କଂଗ୍ରେସ ଭବନଠାରେ ଜିଲ୍ଲା କଂଗ୍ରେସ ତରଫରୁ ଅନୁଷ୍ଠିତ ଏକ ସଂକ୍ଷିପ୍ତ ସ୍ୱାଗତ ସମାରୋହରେ ଶ୍ରୀ ସାହୁଙ୍କୁ ଜିଲ୍ଲା କଂଗ୍ରେସ ତରଫରୁ ହାର୍ଦ୍ଦିକ ସ୍ୱାଗତ ସମ୍ବର୍ଦ୍ଧନା ଜ୍ଞାପନ କରାଯାଇ ତାଙ୍କର ଉଜ୍ଜ୍ୱଳ ଭବିଷ୍ୟତ କାମନା କରାଯାଇଥିଲା। ଶ୍ରୀ ସାହୁଙ୍କ ଭଳି ଜଣେ ନିଷ୍ଠାପର ତୃଣମୂଳସ୍ତରର କର୍ମୀଙ୍କୁ କଂଗ୍ରେସ ଅଧ୍ୟକ୍ଷା ଶ୍ରୀମତୀ ସୋନିଆ ଗାନ୍ଧୀ, ଏଆଇସିସି ଓବିସି ସେଲ୍‌ର ରାଷ୍ଟ୍ରୀୟ ଅଧ୍ୟକ୍ଷ କ୍ୟାପଟେନ ଅଜୟ ସିଂହ ଯାଦବ ତଥା ପ୍ରଦେଶ କଂଗ୍ରେସ ସଭାପତି ଶ୍ରୀଯୁକ୍ତ ଶରତ ପଟ୍ଟନାୟକ ଏପରି ଏକ ଗୁରୁଦାୟିତ୍ୱ ଆସ୍ଥା ଓ ବିଶ୍ୱାସ ପ୍ରକଟ କରି ପ୍ରଦାନ କରିଥିବାରୁ ସେମାନଙ୍କ ପ୍ରତି ଜିଲ୍ଲା କଂଗ୍ରେସ ନେତୃବୃନ୍ଦ କୃତଜ୍ଞତା ଜ୍ଞାପନ କରିଥିଲେ। ଜିଲ୍ଲା କଂଗ୍ରେସ ଅନ୍ତରୀଣ ସଭାପତି ଶ୍ରୀ ଦେବବ୍ରତ ବିହାରୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ସମାରୋହରେ ପୂର୍ବତନ ଜିଲ୍ଲା ସଭାପତି ବିରେନ ସେନାପତି, ପ୍ରାକ୍ତନ ବିଧାୟକ ପ୍ରାର୍ଥୀ ପ୍ରଶାନ୍ତ ସେଠୀ, ପୂର୍ବତନ ପିସିସି ସମ୍ପାଦକ ଗଣେଶ ପ୍ରଧାନ ଓ ସବୀର ହୁସେନ, ପିସିସି ସଭ୍ୟା ପ୍ରଭାତୀ ମିଶ୍ର, ବ୍ଲକ୍ ସଭାପତି ରଘୁନାଥ ଦାସ, ଲିଗାଲ ସେଲ୍ ଅଧ୍ୟକ୍ଷ ବିସ୍ମୟ ଦାସ, ସାଧାରଣ ସମ୍ପାଦିକା ତୁଳସୀ ନାଗ, ସମ୍ପାଦିକା ପ୍ରତିମା ପାଣିଗ୍ରାହୀ ଓ ସରସ୍ୱତି ଭୂମିଜ ପ୍ରମୁଖ ବକ୍ତବ୍ୟ ରଖି ଶ୍ରୀ ସାହୁଙ୍କ ନିଯୁକ୍ତିକୁ ସ୍ୱାଗତ କରିଥିବା ବେଳେ ଅନ୍ୟମାନଙ୍କ ମଧ୍ୟରେ କାର୍ଯ୍ୟନିର୍ବାହୀ ଲୋକନାଥ ଭୂମିଜ, ସୁଧୀର ନାଥ, ବିଶ୍ୱଜିତ ସାହୁ, ପ୍ରଭାକର ଭୋଳ, ବିଦ୍ୟାଧର ସିଂହ ଉପସ୍ଥିତ ଥିଲେ। ଏଥିସହ ଶ୍ରୀ ସାହୁଙ୍କୁ ଝାଡଖଣ୍ଡର ସହପ୍ରଭାରୀ ଭାବେ ଉଲ୍ଲେଖନୀୟ କାର୍ଯ୍ୟକରି ରାଷ୍ଟ୍ରୀୟ ନେତୃବୃନ୍ଦଙ୍କ ବିଶ୍ୱାସ ଓ ଭରସାକୁ ମଜବୁତ କରିବେ ବୋଲି ଆଶା ପ୍ରକଟ କରିଥିଲେ। ଏହି ଅବସରରେ ଶ୍ରୀ ରାଜେଶ ଟପ୍ପୋ ଧନ୍ୟବାଦ ଅର୍ପଣ କରିଥିବା ବେଳେ ଉପସ୍ଥିତ କଂଗ୍ରେସ ନେତୃବୃନ୍ଦ ଓ କର୍ମକର୍ତ୍ତା ଶ୍ରୀ ସାହୁଙ୍କୁ ପୁଷ୍ପଗୁଚ୍ଛ ଓ ଉପଢୌକନ ପ୍ରଦାନ କରି ସମ୍ବର୍ଦ୍ଧିତ କରିଥିଲେ ବୋଲି ଦଳ ତରଫରୁ ଏକ ପ୍ରେସ୍ ବିବୃତିରେ କୁହାଯାଇଛି।

## ୨୩ରେ ଜନକଲ୍ୟାଣ କ୍ଲବର ସୁବର୍ଣ୍ଣ ଜୟନ୍ତୀ

ଭୁବନେଶ୍ୱର (ପିଏନ୍): ଆସନ୍ତା ସେପ୍ଟେମ୍ବର ୨୩ତାରିଖରେ ରାଜଧାନୀର ପୁରାତନ ତଥା ଅଗ୍ରଣୀ ସେବା ଅନୁଷ୍ଠାନ ଜନକଲ୍ୟାଣ କ୍ଲବର ସୁବର୍ଣ୍ଣ ଜୟନ୍ତୀ ପାଳନ କରାଯିବ। ଏନେଇ ପ୍ରସ୍ତୁତି ବୈଠକ ୟୁନିଟ୍ ୯ସ୍ଥିତ କ୍ଲବର ଜନକଲ୍ୟାଣ ଭବନ ପରିସରରେ ଅନୁଷ୍ଠିତ ହୋଇଯାଇଛି। କ୍ଲବର ସଭାପତି ନଟବର ସାମନ୍ତରାୟଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ବୈଠକରେ କ୍ଲବର ପୁରାତନ ସଭ୍ୟମାନଙ୍କ ସହ ଆଲୋଚନା କରାଯିବା ସହ ଅଧିକ ଜନହିତକର କାର୍ଯ୍ୟକ୍ରମ ସମ୍ପର୍କରେ ମତ ନିଆଯାଇଥିଲା। କ୍ଲବର ମହାସଚିବ ରବିନ୍ଦ୍ର ମହାପାତ୍ର ୫୦ତମ ସ୍ୱନକ୍ଷତ୍ର ଉତ୍ସବ ସମ୍ପର୍କରେ ମତ ରଖିଥିଲେ। ଦୀର୍ଘବର୍ଷ ଧରି ରାଜଧାନୀରେ ସେବାମୂଳକ କାର୍ଯ୍ୟ ପାଇଁ ବହୁ ସମ୍ମାନ ଅର୍ଜନ କରିଛି ବୋଲି କହିଥିଲେ। ଏଥିରେ ଗୌରାଙ୍ଗ ନାୟକ, ରବିନ୍ଦ୍ର ପାଢ଼ୀ, ଉମେଶ ନାୟକ ଓ ବହୁ ସଭ୍ୟ ସାମିଲ ହୋଇଥିଲେ।

## ଜିଲ୍ଲା ଆଇନ ସେବା ପ୍ରାଧିକରଣ ପକ୍ଷରୁ ପ୍ରତିଯୋଗିତା

ବାଲେଶ୍ୱର (ପିଏନ୍)-ଓଡ଼ିଆ ରାଜ୍ୟ ଆଇନ ସେବା ପ୍ରାଧିକରଣ କଟକ ନିର୍ଦ୍ଦେଶ କ୍ରମେ ଜୋନ୍ ସ୍ତରୀୟ କ୍ଷୁଦ୍ର ନାଟକ, ବକ୍ତୃତା, ପ୍ରବନ୍ଧ ଓ ଚିତ୍ରାଙ୍କନ ପ୍ରତିଯୋଗିତା ଆୟୋଜିତ ହୋଇଯାଇଛି। ଏହି ପ୍ରତିଯୋଗିତାରେ ବାଲେଶ୍ୱର, ମୟୂରଭଞ୍ଜ ଓ ଭଦ୍ରକ ଜିଲ୍ଲାର ସ୍କୁଲ ଲିଗାଲ ଲିଟେରାସି କ୍ଲବର ସଦସ୍ୟମାନେ ଅଂଶଗ୍ରହଣ କରିଥିଲେ। ଜୋନ୍ ସ୍ତରୀୟ ରଚନା ପ୍ରତିଯୋଗିତାରେ ଜବାହାର ନବୋଦୟ ବିଦ୍ୟାଳୟର ଛାତ୍ର ପ୍ରଦୋଷ କୁମାର ପଣ୍ଡା ପ୍ରଥମ, ବାଲେଶ୍ୱର କେନ୍ଦ୍ରୀୟ ବିଦ୍ୟାଳୟ ଛାତ୍ରୀ ଶିଳ୍ପୀ ସମୃଦ୍ଧି ମଲ୍ଲିକ ଦ୍ୱିତୀୟ ଏବଂ ଓଡ଼ିଶା ଆଦର୍ଶ ବିଦ୍ୟାଳୟ ମହୁଲିଆ ମୟୂରଭଞ୍ଜ ର ଛାତ୍ର ଜୟନ୍ତ କୁମାର ଜେନା ତୃତୀୟ ସ୍ଥାନ ଅଧୀକାର କରିଥଲେ। ବକ୍ତୃତା ପ୍ରତିଯୋଗିତାରେ ଭଦ୍ରକ ଜବାହାର ନବୋଦୟ ବିଦ୍ୟାଳୟ ର ଜ୍ୟୋତିପ୍ରଭା ସାହୁ ପ୍ରଥମ, ଓଡ଼ିଶା ଆଦର୍ଶ ବିଦ୍ୟାଳୟ ମହୁଲିଆ ମୟୁରଭଞ୍ଜର ଛାତ୍ର ଅଭିଜିତ୍ ଘୋଷ ଦ୍ୱିତୀୟ ଓ ରେମୁଣା ଉଚ୍ଚବିଦ୍ୟାଳୟର ଛାତ୍ରୀ ଇତିଶ୍ରୀ ଆଚାର୍ଯ୍ୟ ତୃତୀୟ ସ୍ଥାନ ଅଧିକାର କରିଥିଲେ। ଜୋନ୍‌ସ୍ତରୀୟ ଚିତ୍ରାଙ୍କନ ପ୍ରତିଯୋଗିତାରେ ନୟନା କୁମାରୀ ସରକାରୀ ଉଚ୍ଚ ବିଦ୍ୟାଳୟର ଛାତ୍ରୀ ଦୀପ୍ତିରାଣୀ ଘଡ଼ାଇ ପ୍ରଥମ, ଜବାହାର ନବୋଦୟ ବିଦ୍ୟାଳୟର ଛାତ୍ର ଓମ୍ ପ୍ରକାଶ ପୋଇ ଦ୍ୱିତୀୟ ଏବଂ ଓଡ଼ିଶା ଆଦର୍ଶ ବିଦ୍ୟାଳୟର ଛାତ୍ରୀ ପ୍ରଜ୍ଞାରାଣୀ ମଣ୍ଡଳ ତୃତୀୟ ସ୍ଥାନ ଅଧିକାର କରିଥିଲେ। ବାଲେଶ୍ୱର ଜିଲ୍ଲାର ଜିଲ୍ଲା ଏବଂ ଦୌରାଜଜ୍ ତଥା ଜିଲ୍ଲା ଆଇନ ସେବା ପ୍ରାଧୀକରଣର ଅଧ୍ୟକ୍ଷ ଭଗବାନ ପ୍ରଧାନ କୃତି ଛାତ୍ରଛାତ୍ରୀଙ୍କୁ ପୁରସ୍କୃତ କରିଥିଲେ। ଏହି ଅବସରରେ ଜିଲ୍ଲା ସ୍ଥାୟୀ ଲୋକଅଦାଲତର ଅଧ୍ୟକ୍ଷ ଚିନ୍ତାମଣି ପଣ୍ଡା, ମୁଖ୍ୟ ବିଚାର ବିଭାଗୀୟ ଅଧିକାରୀ ଲଳିତା ମଞ୍ଜରୀ ପଟ୍ଟନାୟକ, ବରିଷ୍ଠ ଦେୱାନୀ ବିଚାରପତି କୃଷ୍ଣଚନ୍ଦ୍ର ନାୟକ, ସିଭିଲ କୋର୍ଟ ରେଜିଷ୍ଟ୍ରାର ରଞ୍ଜନ କୁମାର ପ୍ରଧାନ, ବାଲେଶ୍ୱର ଆର୍ଟ ଆଣ୍ଡ କଲ୍‌ଚରର ନିର୍ଦ୍ଦେଶିକା ମୀନା କୁମାରୀ ସାମଲ, ବରିଷ୍ଠ ସାମ୍ବାଦିକ ସତ୍ୟପ୍ରିୟ ମହାନ୍ତି। ସାହିତ୍ୟିକ ଅଞ୍ଜନ କୁମାର ଚାନ୍ଦ, ସତ୍ୟସାଇ ବିଦ୍ୟାଳୟର କଳା ଶିକ୍ଷକ ମଳୟ ସାହୁ ଜୁରି ସଦସ୍ୟ ଭାବେ ଉପସ୍ଥିତ ଥିଲେ। କାର୍ଯ୍ୟକ୍ରମକୁ ଜିଲ୍ଲା ଆଇନ ସେବା ପ୍ରାଧିକରଣର ସଚିବ ପ୍ରିୟରଞ୍ଜନ ଓଝା ପରିଚାଳନା କରିଥିବା ବେଳେ ପ୍ୟାନେଲ୍ ଆଡଭୋକେଟ୍ ସତ୍ୟେନ୍ଦ୍ର ଉମାଶଙ୍କର ରାଉତ ମଞ୍ଚ ପରିଚାଳନା କରିଥିଲେ।




# ସ୍ୱତନ୍ତ୍ର କୋଶଳ ରାଜ୍ୟ ଦାବିରେ ତୁରେକେଲା ଓ କଣ୍ଟାବାଞ୍ଜି ରେ ବନ୍ଦ ପାଳନ

ବଲାଙ୍ଗିର ,(ପି.ଏନ): କୋଶଲ ମୁକ୍ତି ମୋର୍ଚ୍ଚା ଏବଂ କୋଶଲ ସେନାର ଆହ୍ୱାନକ୍ରମେ ସ୍ୱତନ୍ତ୍ର କୋଶଲ ରାଜ୍ୟ ଦାବୀ ପରିପ୍ରେକ୍ଷୀରେ କଂଟାବାଂଜି ସହର ଏବଂ ତୁରେକେଲା ବ୍ଲକ ସଦର ମହକୁମାରେ ବୁଧବାର ଦିନ ବନ୍ଦ ପାଳିତ ହୋଇଯାଇଛି । କଂଟାବାଂଜି ସହରରେ ସକାଳ ପ୍ରାୟ ୬ ଘଂଟାରୁ ବନ୍ଦ ପାଳନ ନେଇ କୋଶଲ ସେନାର କର୍ମୀମାନେ ପିକେଟିଂଗ ଯୋଗେ ଦୋକାନ ବଜାର ବନ୍ଦ କରିଥିଲେ । ଏପରି କି ସହରର ସମସ୍ତ ବ୍ୟବସାୟୀକ ଅନୁଷ୍ଠାନ, ବାଣିଜ୍ୟ କେନ୍ଦ୍ର, ବ୍ୟାଙ୍କ, ପୋଷ୍ଟ ଅଫିସ, ବୀମା କାର୍ଯ୍ୟାଳୟ, ବେସରକାରୀ ଓ ସରକାରୀ ସମସ୍ତ କାର୍ଯ୍ୟାଳୟ ସହିତ ସରକାରୀ ଓ ବେସରକାରୀ ସ୍କୁଲ କଲେଜ ମଧ୍ୟ ବନ୍ଦ ରହିଥିଲା । କଂଟାବାଂଜି ଇଂଦିରା ଛକ ନିକଟରେ ରାସ୍ତା ଅବରୋଧ କରି ବିକ୍ଷୋଭ କରାଯାଇଥିଲା । ଦୁଇ ଚକିଆ ଯାନ ବ୍ୟତୀତ ସହରରେ ଅନ୍ୟ କୌଣସି ଯାନବାହାନ ଚଳାଚଳ କରିନଥିଲା । ଜରୁରୀକାଳୀନ ସୁବିଧା ମଧ୍ୟରେ ଡାକ୍ତରଖାନା, ଆମ୍ବୁଲାନ୍ସ, ଔଷଧ ଦୋକାନ ଖୋଲା ରହିଥିଲା । ଟ୍ରେନ ଚଳାଚଳରେ ମଧ୍ୟ କୌଣସି ପ୍ରଭାବ ପରିଲିକ୍ଷିତ ହୋଇ ନଥିଲା ସେହିପରି ତୁରେକେଲା ବ୍ଲକ ସଦର କାର୍ଯ୍ୟାଳୟରେ ମଧ୍ୟ ସମସ୍ତ ଦୋକାନ ବଜାର ସହିତ ବ୍ଲକ କାର୍ଯ୍ୟାଳୟ, କଲେଜ, ସ୍କୁଲ ସହିତ ଦୋକାନ ବଜାର ମଧ୍ୟ ବନ୍ଦ ରହିଥିଲା । କଂଟାବାଂଜି ସହରରେ ଥିବା ଅନେକ କ୍ଲବ, ଅନୁଷ୍ଠାନ, ସାମାଜିକ ସଂସ୍ଥା, ବ୍ୟବସାୟୀକ ଅନୁଷ୍ଠାନ ମଧ୍ୟ ମହାବନ୍ଦକୁ ସମର୍ଥନ କରି ସାମିଲ ହୋଇଥିଲେ । ତୁରେକେଲାରେ କୋଶଲ ସେନାର ହରିଶ୍ଚନ୍ଦ୍ର ସାହୁ, ପ୍ରମୋଦ ମହାପାତ୍ର, ଯଶୋବନ୍ତ ପୁଟେଲ, ଡୋଲାମଣି ନାଗ, ମନୋଜ ପାନିଗ୍ରାହୀ, ମାନସ ଦରୱାନ, ରାଧେଶ୍ୟାମ ମହାନନ୍ଦ, ହେମ ପଣ୍ଡା, ଅର୍ଚ୍ଚୁ ଛତ୍ରିଆ, ବସନ୍ତ ପଣ୍ଡା, ଲୋକନାଥ ଛତର, ଖୁସିରାମ ମହାନନ୍ଦ, ଅଶ୍ୱିନ କୁମାର ଛତର, ମଦନ ଜାଲ, ଅଂଶୁ ବେନିଆ, ହେତୁରାମ ବାଗ, ଗୁଲାପ ବେନିଆ, ବିନୋଦ ପୁଟେଲଙ୍କ ନେତୃତ୍ୱରେ ବନ୍ଦ ପାଳିତ ହୋଇଛି । କଂଟାବାଂଜି ଓ ତୁରେକେଲାରେ ବନ୍ଦ ପାଳନ ବେଳେ ପ୍ରତ୍ୟେକ ଛକ ଏବଂ ମୁଖ୍ୟସ୍ଥାନରେ ପୋଲିସ ମୁତୟନ କରାଯାଇଥିଲା । ବନ୍ଦ ବେଳେ କୌଣସି ପ୍ରକାର ଅପ୍ରିତିକର ଘଟଣା ଘଟି ନାହିଁ।

## ଜିଲ୍ଲାସ୍ତରୀୟ କ୍ଷୁଦ୍ର ଶିଳ୍ପ ତାଲିମ ଶିବିର ଅନୁଷ୍ଠିତ

ମାଲକାନଗିରି ,(ପି.ଏନ): ମାଲକାନଗିରି ଜିଲ୍ଲା ଶିଳ୍ପ କେନ୍ଦ୍ର ତରଫରୁ ଜିଲ୍ଲା ପରିଷଦ ସମ୍ମିଳନୀ କକ୍ଷରେ ଏକ କ୍ଷୁଦ୍ର ତାଲିମ ଶିବିର ଆଜି ଅନୁଷ୍ଠିତ ହୋଇ ଯାଇଛି । ଏହି କାର୍ଯ୍ୟକ୍ରମକୁ ଅତିରିକ୍ତ ଜିଲ୍ଲାପାଳ ମହେଶ୍ୱର ଚନ୍ଦ୍ର ନାୟକ ଉଦଘାଟନ କରିଥିଲେ । ଜିଲ୍ଲା ଶିଳ୍ପ କେନ୍ଦ୍ର ସାଧାରଣ ପରିଚାଳକ ତରୁଣ କାନ୍ତ ମହାନ୍ତି ଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଶିବିରରେ ମୁଖ୍ୟ ବକ୍ତା ଭାବରେ ବାଣିଜ୍ୟ ବିଭାଗୀୟ ମୁଖ୍ୟ ଡ଼ଃ. ରଞ୍ଜନ କୁମାର ସ୍ୱାଇଁ ଯୋଗଦାନ କରି ମାଲକାନଗିରି ଜିଲ୍ଲାକୁ କିପରି ଶିଳ୍ପ ଏବଂ ବ୍ୟବସାୟରେ କିପରି ଅଧିକରୁ ଅଧିକ ଆଗେଇ ନିଆଯିବ ସେ ସମ୍ବନ୍ଧରେ ବୁଝାଇଥିଲେ । ଅନ୍ୟତମ ସମ୍ମାନିତ ଅତିଥି ଭାବରେ ଜିଲ୍ଲା ନିଯୋଜନ ଅଧିକାରୀ ମନଷି ସେଠୀ, ଚ୍ୟାମ୍ବର ଅଫ କମର୍ସ ର ସଭାପତି ସୁରେଶ ସୋମାନୀ ଉପସ୍ଥିତ ରହି ମାଲକାନଗିରି ଜିଲ୍ଲା କିପରି ଶିଳ୍ପ ବିକାଶରେ ଅଗ୍ରଗତି ହୋଇ ପାରିବ ସେ ସମ୍ବନ୍ଧରେ ବୁଝାଇଥିଲେ । ଜିଲ୍ଲା ପଶୁ ଚିକିତ୍ସା ଅଧିକାରୀ, ଡ଼ଃ. ବିଷ୍ଣୁ ସ୍ୱାଇଁ, ବାବୁଲା ସାବତ, ଈଶ୍ୱର ପଟ୍ଟନାୟକ, ରତନଲାଲ ଜୈନ, ରୌନକ ଜୈନ, ଜମ୍ମୁ ପଢିଧାରୀ, ତରୁଣ ମଜୁମଦର ସମେତ ମହିଳା ସ୍ୱୟଂ ସହାୟକ ଗୋଷ୍ଠୀ ଏବଂ ଅନେକ ଉଦ୍ୟୋଗୀ ଉପସ୍ଥିତ ରହି ବିଭିନ୍ନ ପ୍ରକାର ମତ ଉପସ୍ଥାପନ କରିଥିଲେ । ଏହି ସଭାରେ ଓଡ଼ିଶା ସରକାରଙ୍କର ସୂକ୍ଷ୍ମ କ୍ଷୁଦ୍ର ମଧ୍ୟମ ଶିଳ୍ପ ପଲିସି-୨୦୧୬ ଏବଂ ୨୦୦୬ ର ବିଭିନ୍ନ ନିୟମାବଳୀ ବିଷୟରେ ମାଲକାନଗିରି ଜିଲ୍ଲାକୁ କିପରି ପ୍ରୋତ୍ସାହନ ରାଶି ଏବଂ ବ୍ୟାଙ୍କ ଋଣ ମିଳିପାରିବ ସେସମ୍ବନ୍ଧରେ ଅଲୋକପାତ କରାଯାଇଥିଲା । ଆଇପିଓ ଶୁଭଶ୍ରୀ ଦଣ୍ଡପାଟ ସଭାକୁ ପରିଚାଳନା କରିଥିବା ବେଳେ ରବୀନ୍ଦ୍ର ନାଥ କୃଷ୍ଣ ସଭାରେ ଉପସ୍ଥିତ ଥିବା ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ ।

## ସ୍ୱତନ୍ତ୍ର କୋଶଳ ରାଜ୍ୟ ଦାବିରେ ସୁବର୍ଣ୍ଣପୁର ଜିଲ୍ଲାରେ ବନ୍ଦ ପାଳନ ସଫଳ

ସୁବର୍ଣ୍ଣପୁର,(ପି.ଏନ): ସାରା ପଶ୍ଚିମ ଓଡିଶାରେ କୋଶଳ ମହାବନ୍ଦ ପାଳନ କରାଯାଉଥିବା ପରିପ୍ରେକ୍ଷୀରେ ସୁବର୍ଣ୍ଣପୁର ଜିଲ୍ଲାରେ ମଧ୍ୟ ଏହାର ଜବରଦସ୍ତ ପ୍ରଭାବ ଦେଖିବାକୁ ମିଳିଛି । କୋସଳ ସେନା ଓ କୋସଳ ରାଜ୍ୟ ମୁକ୍ତି ମୋର୍ଚ୍ଚା ପକ୍ଷରୁ ଆହୁତ ଏହି ମହାବନ୍ଦ ସକାଳ ୬ ଟାରୁ ସଂନ୍ଧ୍ୟା ୬ଟାପର୍ଯ୍ୟନ୍ତ ୧୨ଘଣ୍ଟିଆ ପାଳନ କରାଯାଇଥିବା ବେଳେ ସାରା ସୁବର୍ଣ୍ଣପୁର ଜିଲ୍ଲାରେ ଏହି ବନ୍ଦକୁ ଅଭୂତପୂର୍ବ ଜନ ସମର୍ଥନ ମିଳିଛି। ଯଦିଓ କୋଶଳ ସେନା ଓ କୋଶଳ ରାଏଜ ମୁକ୍ତି ମୋର୍ଚ୍ଚା ପକ୍ଷରୁ ଏହି ବନ୍ଦ ପାଳନ ଡାକରା ଦିଆଯାଇଥିବା ବେଳେ ଏହାକୁ ସମର୍ଥନ କରିଛନ୍ତି ବିଭିନ୍ନ ରାଜନୈତିକ ଦଳ ।ସକାଳୁ ସକାଳୁ ଏହି ସଂଗଠନର କାର୍ଯ୍ୟକର୍ତ୍ତାମାନେ ସହରର ମୁଖ୍ୟ ବ୍ଲକଛକ ଓ ସହରର ପ୍ରମୁଖ ପ୍ରବେଶ ପଥ ଓ ବିଭିନ୍ନ ଛକ ଗୁଡିକରେ ରାସ୍ତା ଅବରୋଧ କରି ବନ୍ଦ କରିଥିବା ବେଳେ ରାସ୍ତାର ଉଭୟ ପାର୍ଶ୍ୱରେ ଶହ ଶହ ଗାଡି ମଟର ଅଟକି ରହିଥିବା ଦେଖାଯାଇଛି । ସହରର ସବୁ ଦୋକାନ , ବଜାର, ବ୍ୟବସାୟୀକ ପ୍ରତିଷ୍ଠାନ ଆଦି ବନ୍ଦ ଥିବା ବେଳେ ସ୍କୁଲ, କଲେଜ ସବୁ ସରକାରୀ , ବେସରକାରୀ କାର୍ଯ୍ୟାଳୟଗୁଡିକୁ ବନ୍ଦ ରହିଥିଲା ତେବେ ଏହି ବନ୍ଦ ରୁ ଜରୁରୀ ସେବା କୁ ବାଦ୍ ଦିଆଯାଇଛି ।ପଶ୍ଚିମ ଓଡିଶାବାସୀ ସବୁ କ୍ଷେତ୍ରରେ ଅବହେଳିତ ରହିଥିବା ବେଳେ ରାଜନୈତିକ, ଅର୍ଥନୈତିକ,ସାମ୍ବିଧାନିକ ତଥା ବେକାରୀ ସମସ୍ୟା ଆଦିକୁ ସବୁ କ୍ଷେତ୍ରରେ ରାଜ୍ୟ ସରକାର ଅଣଦେଖା କରୁଥିବା ଯୋଗୁଁ ଏଭଳି ବନ୍ଦ କରାଯାଇଛି ବୋଲି ବିକ୍ଷୋଭକାରୀମାନେ ପ୍ରକାଶ କରିଛନ୍ତି । ଉଭୟ ରାଜ୍ୟ ଓ କେନ୍ଦ୍ର ସରକାର ପଶ୍ଚିମ ଓଡିଶାବାସୀଙ୍କ ଏହି ନ୍ୟାର୍ଯ୍ୟ ଦାବି ପ୍ରତି ଧ୍ୟାନ ଦେବା ପାଇଁ ଦାବି କରିବା ସହ ଅତିଶୀଘ୍ର କୋଶଳାଞ୍ଚଳକୁ ସ୍ୱତନ୍ତ୍ର ରାଜ୍ୟ ଘୋଷଣା କରିବା ସହ ସ୍ୱତନ୍ତ୍ର ରାଜ୍ୟ ଗଠନ ର ସମର୍ଥନ ରେ ବିଭିନ୍ନ ନାରା ଦେଇଛନ୍ତି। ସ୍ୱତନ୍ତ୍ର କୋଶଳ ପ୍ରଦେଶ ଗଠନ ନହେବା ପର୍ଯ୍ୟନ୍ତ ଏହି ଆନ୍ଦୋଳନ ଜାରି ରହିବ ବୋଲି ଚେତାବନୀ ମଧ୍ୟ ଦେଇଛନ୍ତି ।ଆଜିର ଏହି ମହାବନ୍ଦ ଜିଲ୍ଲାର ସମସ୍ତ ୬ଟି ବ୍ଲକରେ ପାଳନ ହୋଇଥିବା ବେଳେ ବନ୍ଦ ସଂପୂର୍ଣ୍ଣ ଶାନ୍ତି ପୂର୍ଣ୍ଣ ଥାଇ କୌଣସି ଠାରେ ଅପ୍ରୀତିକର ପରିସ୍ଥିତି ସୃଷ୍ଟି ହୋଇନଥିଲା। ଆଜିର ଏହି ମହାବନ୍ଦ ରେ ନିତିନ ପ୍ରଧାନ, ପିଣ୍ଟୁ ନାଏକ,ତାପସ ବେଉରା ପ୍ରଦ୍ୟୁମ୍ନ ପାଢ଼ୀ, ବୈକୁଣ୍ଠ ଶତପଥୀ, ଜିତୁବାରିକ,ପ୍ରଶାନ୍ତ ବାଦୀ, ଋତୁରାଜ ପ୍ରଧାନ,ରାମାନନ୍ଦ ପ୍ରଧାନ ଙ୍କ ସହ ବିଭିନ୍ନ ରାଜନୈତିକ ଦଳରୁ ସୁବର୍ଣ୍ଣପୁର ଜିଲ୍ଲା ଯୁବକଂଗ୍ରେସ ସଭାପତି ପ୍ରିୟବ୍ରତ ସାହୁ, ଜିଲ୍ଲା ଲିଗାଲସେଲର ମୁଖ୍ୟ ସୁଧିର କୁମାର ପଣ୍ଡା ପ୍ରମୁଖ ଏହି ଧର୍ମଘଟ ଓ ବିକ୍ଷୋଭ ସମାବେଶରେ ସକ୍ରିୟ ନେତୃତ୍ୱ ନେଇଥିଲେ।

## ପୁରୀ ଜିଲ୍ଲା ସ୍ତରୀୟ ନୂଆଁଖାଇ ପର୍ବ ପାଳିତ

ପୁରୀ ,(ପି.ଏନ): ନୂଆଁଖାଇ ଖାଲି ଏକ ପର୍ବ ନୁହେଁ ଏହା ଆମ ସଂସ୍କୃତି ,ସଦଭାବନା ଓ ଭାଇଚାରାର ପ୍ରତୀକ ବୋଲି କହିଛନ୍ତି ଅତିରିକ୍ତ ଜିଲ୍ଲାପାଳ ପ୍ରୋଟୋକଲ ଦିଲ୍ଲୀପ କୁମାର ମହାପାତ୍ର। ବୁଧବାର ପୂର୍ବାହ୍ନରେ ସଂସ୍କୃତି ଭବନ ପରିସରରେ ରାଜ୍ୟ ସଂସ୍କୃତି ବିଭାଗ ଓ ଜିଲ୍ଲା ପ୍ରଶାସନ ର ମିଳିତ ଆନୁକୂଲ୍ୟରେ ନୂଆଁଖାଇ ପର୍ବ ପାଳିତ ହୋଇଥିଲା। ଏହାକୁ ମୁଖ୍ୟ ଅତିଥି ଭାବେ ଉଦଘାଟନ କରି ଶ୍ରୀ ମହାପାତ୍ର ବାର ମାସରେ ତେର ପର୍ବ ଆମ ମହାନ ସଂସ୍କୃତି ର ଅଂଶ ବିଶେଷ ବୋଲି କହିଥିଲେ। ନୂଆଁଖାଇ ପଶ୍ଚିମ ଓଡ଼ିଶାର ଏକ ବିଶେଷ ପର୍ବ ଭାବେ ପାଳନ କରାଯାଏ। ତେବେ ରାଜ୍ୟ ସରକାର ରାଜ୍ୟର ସମସ୍ତ ଜିଲ୍ଲାରେ ଏହି ନୂଆଁଖାଇ ପର୍ବ ପାଳନ ପାଇଁ ବ୍ୟବସ୍ଥା କରିଛନ୍ତି। ଯାହା ସାଂସ୍କୃତିକ ବିବିଧତା ମଧ୍ୟରେ ଏକତାର ପ୍ରତିଷ୍ଠା କରୁଛି ବୋଲି ଶ୍ରୀ ମହାପାତ୍ର କହିଥିଲେ। ମୁଖ୍ୟ ବକ୍ତା ଭାବେ ପୁରୀ ପୌରପାଳିକାର କାର୍ଯ୍ୟ ନିର୍ବାହୀ ଅଧିକାରୀ ସରୋଜ କୁମାର ସ୍ୱାଇଁ ଅତୀତର ସ୍ମୃତି ଚାରଣ କରିବା ସହ ପାରସ୍ପରିକ ସ୍ନେହ, ସଦିଚ୍ଛା,ଭଲ ପାଇବା ଓ ଭାଇଚାରା ନୂଆଁଖାଇର ମୂଳ ଲକ୍ଷ୍ୟ ବୋଲି କହିଥିଲେ। ଯେତେ ଦୂରରେ ଥିଲେ ବି ନୂଆଁଖାଇ ପାଇଁ ଲୋକ ଟି ତା ପରିବାର ସହ ମିଶିବାର ଉତ୍ସାହ ହିଁ ବଡ ସଦଭାବ ବୋଲି ସେ କହିଥିଲେ। ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ ସନ୍ତୋଷ କୁମାର ସେଠୀ ଆମର ପୂର୍ବ ପରମ୍ପରା ଆସ୍ତେ ଆସ୍ତେ ଭାଗିଂ ଯାଉଛି । ଯାହା ଫଳରେ ଭବିଷ୍ୟତ ପିଢ଼ି ଆମ ମହାନ ସଂସ୍କୃତି ସମ୍ପର୍କରେ ଅଜ୍ଞ ରହି ଯାଉଛନ୍ତି। ଏହା ଫଳରେ ବରିଷ୍ଠ ଓ ବୟସ୍କ ଙ୍କ ପ୍ରତି ସମ୍ମାନ ଓ ଶ୍ରଦ୍ଧା ହ୍ରାସ ପାଉଛି ବୋଲି କହିବା ସହ ନୂଆଁଖାଇ ପର୍ବ ପାଳନ ଆମ ଭାଇଚାରା କୁ ମଜବୁତ କରିବ ବୋଲି ଆଶାବ୍ୟକ୍ତ କରିଥିଲେ। ନୃତ୍ୟ ଗୁରୁ ଗୋବିନ୍ଦ ପାଲ, ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ ସୁଭ୍ରାଂଶୁ କୁମାର ମହାରଣା ପ୍ରମୁଖ ଓଡ଼ିଆ ସଂସ୍କୃତି ଓ ନୂଆଁଖାଇର ତାତ୍ପର୍ଯ୍ୟ ସମ୍ପର୍କରେ ଆଲୋକପାତ କରିଥିଲେ। ଜିଲ୍ଲା ସଂସ୍କୃତି ଅଧିକାରୀ ହେମନ୍ତ କୁମାର ବେହେରା କାର୍ଯ୍ୟକ୍ରମ ରେ ଅଧକ୍ଷତା କରିବା ସହ ଧନ୍ୟବାଦ ଅର୍ପଣ କରିଥିଲେ। ବସନ୍ତ କୁମାର ମହାରଣା ମଚଂ ପରିଚାଳନା କରିଥିଲେ। ଶେଷରେ କଳାକାର ମାନଙ୍କ ଦ୍ୱାରା ସମ୍ବଲପୁରୀ ସାସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରାଯାଇଥିଲା।

## ପୋଲିସ କାର୍ଯ୍ୟାନୁଷ୍ଠାନ ନେଉ ନଥିବା ଅଭିଯୋଗ

କେନ୍ଦୁଝର(ପିଏନ) ଝୁମ୍ପୁରା ତହସିଲ ଅନ୍ତର୍ଗତ ବସନ୍ତପୁର ପଞ୍ଚାୟତର ନଇବୁଗା ପଂଚାୟତ ରାସ୍ତାକୁ କେତେକ ମୁଷ୍ଟିମେୟ ଲୋକ ଜେସିବି ମେସିନ ଦ୍ୱାରା ରାସ୍ତା କାଟି ଦେବା ଘଟଣାକୁ ନେଇ ବିବାଦ ଘନୀଭୂତ ହେବାରେ ଲାଗିଛି। ଏହି ଘଟଣାକୁ ନେଇ ଚମ୍ପୁଆ ଉପଜିଲ୍ଲାପାଳ ଝୁମ୍ପୁରା ତହସିଲଦାରଙ୍କୁ ଆଦେଶ କରି ରାସ୍ତା କାଟିଥିବା ବ୍ୟକ୍ତିଙ୍କ ବିରୁଦ୍ଧରେ ପଦକ୍ଷେପ ନେବା ପାଇଁ ନିର୍ଦ୍ଦେଶ ଦେଇଛନ୍ତି। ସେହିପରି ଏହି ବେଆଇନ କାମ ପ୍ରତିବାଦରେ ସ୍ଥାନୀୟ ବସନ୍ତପୁର ସରପଞ୍ଚ ଲିପାରାଣୀ ନାୟକ ବାମେବାରୀ ଥାନାରେ ଲିଖିତ ଏତଲା ଦେଇଥିଲେ ହେଁ ପୋଲିସ ପକ୍ଷରୁ କାର୍ଯ୍ୟାନୁଷ୍ଠାନ ହେଉନଥିବାରୁ ଅସନ୍ତୋଷ ବଢୁଛି। ପ୍ରକାଶ ଯେ, ଉକ୍ତ ଗ୍ରାମ୍ୟ ରାସ୍ତା ୧୯୬୫ ମସିହାରୁ ଓଏମ୍‌ସି ଖଣି ପରିବହନ ପାଇଁ ବ୍ୟବହାର କରାଯାଇ ଆସୁଥିଲା। ସେହି ରାସ୍ତାରେ ଗ୍ରାମବାସୀ ମଧ୍ୟ ଯାତାୟତ କରୁଥିଲେ। ତେବେ ଦୀର୍ଘ ପ୍ରାୟ ୧୦୦ ବର୍ଷ ପରେ ୨ଜଣ ଆଦିବାସୀ ରାଇମଣୀ ଚମ୍ପିଆ ଓ ଜୟରାମ ମୁଣ୍ଡା ଚମ୍ପୁଆ ଉପଜିଲ୍ଲାପାଳଙ୍କ କୋର୍ଟରେ ତାଙ୍କ ଜମି ଉପରେ ମେସର୍ସ ତାରିଣୀ ପ୍ରସାଦ ମହାନ୍ତି ଜବର ଦଖଲ କରି ରାସ୍ତା ନିର୍ମାଣ କରି ଖଣି ପରିବହନ କରୁଥିବା ଅଭିଯୋଗ କରିଥିଲେ। ଅଭିଯୋଗ ପରେ ଏହି ରାସ୍ତା ଉପରେ ଉପଜିଲ୍ଲାପାଳ ଜମି ଚିହ୍ନଟ ପାଇଁ ପାଇଁ ଝୁମ୍ପୁରା ତହସିଲଦାରଙ୍କୁ ଆଦେଶ ଦେଇଥିଲେ। ୨୧ ତାରିଖ ଦିନ ଅତିରିକ୍ତ ତହସିଲଦାରଙ୍କ ଉପସ୍ଥିତିରେ ମାପଚୁପ କରାଯାଇଥିଲା। ଜମି ମାପଚୁପ ବେଳେ ଝୁମ୍ପୁରା ଅତିରିକ୍ତ ତହସିଲଦାର କ୍ରେସନସିୟା ତିର୍କି କହିଥିଲେ ଉପଜିଲ୍ଲାପାଳଙ୍କ ଫାଇନାଲ ଅର୍ଡର ହେବା ପର୍ଯ୍ୟନ୍ତ ଜମି ଯେପରି ଅଛି ସେପରି ରହିବ ଏବଂ ଯେପରି ବ୍ୟବହାର ହେଉଛି ସେପରି ବ୍ୟବହାର ହେବ। କିନ୍ତୁ ତାଙ୍କ ଆଦେଶକୁ ଅବମାନନା କରି କେତେକ ମୁଷ୍ଟିମେୟ ଲୋକ ରାସ୍ତା କାଟି ଦେବା ଫଳରେ ବିବାଦୀୟ ପରିସ୍ଥିତି ଦେଖାଦେଇଛି। ଜେସିବି ମେସିନ ସହାୟତାରେ ରାସ୍ତାକୁ କାଟି ଗାଁକୁ ଯୋଗାଯୋଗ ବିଚ୍ଛିନ୍ନ କରିବା ଫଳରେ ଗାଁ ଅଶାନ୍ତ ହୋଇପଡିଛି। ଏହି ରାସ୍ତା ଉପରେ ଚୁଡିସାହି, ମୁଣ୍ଡାସାହି, ସାକ୍ରାଡିହି, ନଇବୁଗା ଆଦି ୧୦ଟି ସାହି ବିଚ୍ଛିନ୍ନ ହୋଇଯିବା ଫଳରେ ପାଣି, ଆମ୍ବୁଲାନ୍ସ, ଅତ୍ୟାବଶ୍ୟକ ସାମଗ୍ରୀ ଯୋଗାଣରେ ବାଧାପ୍ରାପ୍ତ ହୋଇଥିଲା। ଏହି ବେଆଇନ ରାସ୍ତା ଖୋଳା ନେଇ ସ୍ଥାନୀୟ ସରପଞ୍ଚ ବାମେବାରୀ ଥାନାରେ ଲିଖିତ ଅଭିଯୋଗ କରିଥିଲେ ମଧ୍ୟ ବାମେବାରୀ ପୋଲିସ ପକ୍ଷରୁ ତତ୍ପରତା ପ୍ରଦର୍ଶନ କରୁନଥିବାରୁ ଉକ୍ତ ଅଞ୍ଚଳ ଅଶାନ୍ତ ହୋଇପଡିଛି। ଗତକାଲି ରାସ୍ତାର ସ୍ଥିତାବସ୍ଥା ଫେରାଇ ଆଣିବାକୁ ଝୁମ୍ପୁରା ତହସିଲଦାର ପ୍ରତିମା ପୃଷ୍ଟି ଏବଂ ଏସ୍‌ଡିପିଓ ବଡବିଲ ହିମାଂଶୁ ବେହେରାଙ୍କ ଉପସ୍ଥିତିରେ ଉଦ୍ୟମ କରିଥିଲେ ହେଁ କିଛି ଅସାମାଜିକ ଲୋକ ଗଣ୍ଡଗୋଳ କରି କାମ କରାଇ ଦେଇନଥିଲେ। ପୋଲିସ ନୀରବଦ୍ରଷ୍ଟା ସାଜି ଚୁପ ବସିଥିବାବେଳେ ଅସାମାଜିକ ଲୋକଙ୍କ ବିରୁଦ୍ଧରେ କାର୍ଯ୍ୟନୁଷ୍ଠାନ ନେଇନଥିଲା। ଏନେଇ ଉପଜିଲ୍ଲାପାଳ ଚମ୍ପୁଆ ପ୍ରତାପ ପ୍ରିତିମୟଙ୍କ ସହ ଯୋଗାଯୋଗ କରିବାରୁ ରାସ୍ତାର ମାପଚୁପ ପାଇଁ କୁହାଯାଇଥିଲା। ଯେଉଁମାନେ ରାସ୍ତା କାଟିଛନ୍ତି ତାଙ୍କ ବିରୁଦ୍ଧରେ କାର୍ଯ୍ୟାନୁଷ୍ଠାନ ନିଆଯିବାକୁ କୁହାଯାଇଛି। ଉପ ଜିଲ୍ଲାପାଳଙ୍କ ନିର୍ଦ୍ଦେଶ ସତ୍ତ୍ୱେ ପୋଲିସ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରୁନଥିବାରୁ ଗତକାଲି ରାତିରେ କିଛି ଲୋକ ଉକ୍ତ ରାସ୍ତାକୁ ପୁଣି ଥରେ ହାଣି ଦେଇଥିବାରୁ ଯାତାୟତ ବ୍ୟାଘାତ ହୋଇଛି। ସରପଞ୍ଚଙ୍କ ଅଭିଯୋଗ ଅନୁଯାୟୀ ବ୍ରହ୍ମେଶ୍ୱର ମହାକୁଡ,ସୁବାସ ମହାକୁଡ,ମଦନ ମୋହନ ବେହେରା,ସୁବ୍ରତ ପଲେଇଙ୍କ ସମେତ ଅନ୍ୟମାନେ ତାଙ୍କୁ ଜାତିଆଣ ଗାଳିଗୁଲଜ କରିବା ସହ ୨ଟି ଜେସିବି ମେସିନ ସାହାଯ୍ୟରେ ରାସ୍ତା କାଟିଥିବା ନେଇ ଅଭିଯୋଗ କରିଛନ୍ତି। ଦୁଇ ଦୁଇ ଥା ରାସ୍ତା କାଟିବା ପରେ ଅଭିଯୋଗ ପରେ ପୋଲିସ କାର୍ଯ୍ୟନୁଷ୍ଠାନ ନେଉନଥିବାରୁ ସ୍ଥାନୀୟ ଗ୍ରାମବାସୀ ଜିଲ୍ଲାପାଳ ଏବଂ ଆରକ୍ଷୀ ଅଧିକ୍ଷକଙ୍କ ଦ୍ୱାରସ୍ଥ ହେବେ ବୋଲି କହିଛନ୍ତି। କିଛି ଖଳ ପ୍ରକୃତିର ଲୋକ ପରିବହନ କାର୍ଯ୍ୟ ହାତେଇବା ପାଇଁ ଆଦିବାସୀଙ୍କୁ ଢାଲ କରି ବାରମ୍ବାର ଗଣ୍ଡଗୋଳ କରୁଥିବା ଟିପି ମହାନ୍ତି ଖଣିର ପରିଚାଳକ ଇଂ ଚନ୍ଦ୍ରଶେଖର ଜେନା ପ୍ରକାଶ କରିଛନ୍ତି। ଆଦିବାସୀଙ୍କ ଜମି ଟିପି ମହାନ୍ତି ଖଣି ଜବର ଦଖଲ କରିନାହିଁ। ଏହି ରାସ୍ତା ବହୁ ବର୍ଷ ଧରି ଜନସାଧାରଣ ବ୍ୟବହାର କରୁଛନ୍ତି। ଗ୍ରାମ୍ୟ ରାସ୍ତା ଦୀର୍ଘ ବର୍ଷ ଧରି ଜନସାଧାରଣ ବ୍ୟବହାର କରୁଥିବାବେଳେ ଅଭିଯୋଗ ପରେ ସୁପରଭାଇଜର ଭୁବନାନନ୍ଦ ନାୟକ,ମଳଦା ରାଜସ୍ୱ ନୀରିକ୍ଷକ ସୋନାଲୀ ସେଠୀ ଏବଂ ଅମିନ ସୁରେଶ ନାୟକ ଠିକ୍ ଭାବରେ ମାପଚୁପ ନକରି ନଥିବା ସ୍ଥାନୀୟ ସରପଞ୍ଚ ଅଭିଯୋଗ କରିଛନ୍ତି। ମାପଚୁପ କରୁଥିବା କର୍ମଚାରୀ ପ୍ରଭାବିତ ହୋଇ ଚିହ୍ନଟ କରିଥିବା ସେ ଅଭିଯୋଗ କରିବା ସହ ଚମ୍ପୁଆ ଉପଜିଲ୍ଲାପାଳ ଏ ଦିଗରେ ତ୍ୱରିତ ପଦକ୍ଷେପ ନେଇ ଅନ୍ୟ ସର୍କଲରୁ କର୍ମଚାରୀ ଆଣି ମାପଚୁପ କରିବାକୁ ସେ ଦାବୀ କରିଛନ୍ତି।



ଡି.ଏ.ଭିକଲିଙ୍ଗ ନଗରଠାରେ ଆନ୍ତର୍ଜାତୀୟ ସ୍ୱାକ୍ଷରତା ଦିବସ ପାଳିତ

## ଭୀମଭୋଇ ଭିନ୍ନକ୍ଷମ ସାମର୍ଥ୍ୟ ଶିବିର ଆୟୋଜନ ସକାଶେ ପ୍ରସ୍ତୁତି ବୈଠକ

ଝାରସୁଗୁଡ଼ା ,(ପି.ଏନ):ଚଳିତ ୨୦୨୨-୨୦୨୩ ବର୍ଷର ଭୀମଭୋଇ ଭିନ୍ନକ୍ଷମ ସାମର୍ଥ୍ୟ ଶିବିର ଆୟୋଜନ ସକାଶେ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଛି । ଜିଲ୍ଲାପାଳ ସରୋଜ କୁମାର ସାମଲଙ୍କ ଅଧକ୍ଷତାରେ ଅନୁଷ୍ଠିତ ଏହି ପ୍ରସ୍ତୁତି ବୈଠକରେ ଅତିରିକ୍ତ ଜିଲ୍ଲାପାଳ ଲଙ୍କେଶ୍ୱର ଅମାତ , ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ ଗୋପଲକ୍ଷ୍ମୀ ହୋତା, ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନସ୍ୱାସ୍ଥ୍ୟ ଅଧିକାରୀ ଡୋଲାମଣି ପଟେଲ , ଜିଲ୍ଲା ସମାଜ ମଙ୍ଗଳ ଅଧିକାରୀ ମେହେରୁନ୍ନିସା ବେଗମ , ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ସୁନନ୍ଦ ମହାରଣା ଜିଲ୍ଲା , ଶିକ୍ଷା ଅଧିକାରୀ ପୁଷ୍ପା ମିଞ୍ଜ ଜିଲ୍ଲା ନିଯୋଜନ ଅଧିକାରୀ ସଙ୍ଗୀତା ମେହେର , ଜିଲ୍ଲାର ସମସ୍ତ ଗୋଷ୍ଠୀ ଉନ୍ନୟନ ଅଧିକାରୀ , ପୌରପାଳିକା ନିର୍ବାହୀ ଅଧିକାରୀ , ଶିଶୁ ବିକାଶ ପ୍ରକଳ୍ପ ଅଧିକାରୀ , ବ୍ଲକ ସାମାଜିକ ସୁରକ୍ଷା ଅଧିକାରୀ ଓ ସମ୍ପୃକ୍ତ ଜିଲ୍ଲା ସ୍ତରୀୟ ଅଧିକାରୀମାନେ ଉପସ୍ଥିତ ଥିଲେ । ଅନୁଷ୍ଠିତ ହେବାକୁ ଥିବା ଶିବିରରେ ଆନୁସଙ୍ଗିକ ଫର୍ମ, କମ୍ପୁଟର ଓ ବିଦ୍ୟୁତ ସଂଯୋଗ ଓ ଆବଶ୍ୟକୀୟ ବ୍ୟବସ୍ଥା ଉପଲବ୍ଧ ରଖାଯିବା ସହ ଭିନ୍ନକ୍ଷମ ହିତାଧିକାରୀମାନଙ୍କ ସକାଶେ କୃତ୍ରିମ ଅଙ୍ଗ ପ୍ରତ୍ୟଙ୍ଗ ଉପକରଣ, ବସପାସ, ଟ୍ରେନ ପାସ, ୟୁନିକ୍ ବିକଳାଙ୍ଗତା ପ୍ରମାଣ ପତ୍ର ଇତ୍ୟାଦି ପ୍ରଦାନ କରାଯିବା ପାଇଁ ଜିଲ୍ଲାପାଳ ନିର୍ଦ୍ଦେଶ ଦେବା ସହ ଶିଶୁ ବିକାଶ ପ୍ରକଳ୍ପ ଅଧିକାରୀମାନେ ନିଜ ନିଜ ଅଂଚଳରେ ସଠିକ ହିତାଧିକାରୀ ଚିହ୍ନଟ କାର୍ଯ୍ୟ ତ୍ୱରାନ୍ୱିତ କରିବାକୁ ନିର୍ଦ୍ଦେଶ ଦେଇଥିଲେ ।ଶିବିରର ସଫଳ ଆୟୋଜନ ପାଇଁ ଜିଲ୍ଲାପାଳ ସମସ୍ତଙ୍କର ସହଯୋଗ କାମନା କରିଛନ୍ତି । ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ ଶିବିର ଆୟୋଜନ ସମ୍ପର୍କରେ ସୂଚନା ପ୍ରଦାନ କରିଥିବା ବେଳେ ଉପଖଣ୍ଡ ସାମାଜିକ ସୁରକ୍ଷା ଅଧିକାରୀ ପ୍ରତିଭା ବେହେରା ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ ।


MAHARISHI PUBLIC SCHOOL



2021-2022

ADMISSION OPEN

Maharishi Public School, Baripada

STD-NURSERY TO VIII

ENROLL YOUR CHILD TODAY

(Special discount for new admission before 15.03.2021)

Find the Difference
- Small Classes
- Experienced, trained & loving teachers.
- Individual attention to each child.
- Regular meditation and yoga.
- Unique exam system, evaluation & Principles etc.

25% reservition as per RTE Act (2009)

MAHARISHI PUBLIC SCHOOL
Baghra Road, Baripada
For details
Contact :
Call-9438102188, 06792-255227
Time : 8.00 A.M. to 12.00 noon
E-mail- mps.bpd@gmail.com
Find us on
Facebook.com/Mps, Baripada






# ସ୍ଥାୟୀ ଚାକିର ଦାବୀରେ ଜମିହରା ଇଂଜିନିୟରଙ୍କ ଆମରଣ ଅନଶନ




ପାରାଦୀପ,(ପି.ଏନ): ପାରାଦୀପ ନିକଟସ୍ଥ ଆର୍ସେଲର ମିତଲ ନିପନ ଷ୍ଟିଲ କାରଖାନାରେ ଅସ୍ଥାୟୀ ଭାବେ କାର୍ଯ୍ୟ କରୁଥିବା ଚାରି ଜଣ ଜମିହରା ଯୁବ ଇଂଜିନିୟର ସ୍ଥାୟୀ ନିଯୁକ୍ତି ଦାବୀରେ କମ୍ପାନୀ ଆଗରେ ବୁଧବାର ଠାରୁ ସପରିବାରେ ଆମରଣ ଅନଶନରେ ବସିଛନ୍ତି । ଏହି ଅନଶନକାରୀ ଇଂ ଅସିତ ଶେଖର ସ୍ୱାଇଁ, ଆଲୋକ ରଂଜନ ସାମଲ, ସୁଧାଂଶୁ ସେନାପତି ଓ ରୁଦ୍ର ନାରାୟଣ ସେଠୀ ଅଭିଯୋଗ କରିଛନ୍ତି ଯେ ସେମାନଙ୍କ ଜମିରେ କାରଖାନା ପ୍ରତିଷ୍ଠା ହୋଇଥିବା ବେଳେ ଚୁକ୍ତି ମୁତାବକ ସେମାନଙ୍କୁ କମ୍ପାନୀରେ ଠିକା ଭିତିରେ ନିଯୁକ୍ତି ମିଳିଥିଲା । କିଛି ବର୍ଷ କାମ କରି ଅଭିଜ୍ଞତା ହାସଲ ପରେ ସ୍ଥାୟୀ ଚାକିରି ଦିଆଯିବ ବୋଲି କମ୍ପାନୀ ପକ୍ଷରୁ ପ୍ରତିଶ୍ରୁତି ମିଳିଥିଲା । କିନ୍ତୁ ଦୀର୍ଘ ୭ବର୍ଷ ସ୍ୱଳ୍ପ ବେତନରେ ଅସ୍ଥାୟୀ ଚାକିରୀ କଲା ପରେ ଏ ପର୍ଯ୍ୟନ୍ତ ସେମାନଙ୍କୁ ସ୍ଥାୟୀ ଚାକିରୀ ମିଳି ପାରିନାହିଁ ଏବଂ ଶେଷରେ ଏହି ଯୁବ ଇଂଜିନିୟର ମାନେ ପରିବାର ସହ ଆମରଣ ଅନଶନରେ ବସିବାକୁ ବାଧ୍ୟ ହୋଇଛନ୍ତି ବୋଲି କହିଛନ୍ତି । ଦାବୀ ପୁରଣ ନହେବା ପର୍ଯ୍ୟନ୍ତ ସେମାନେ ଏହି ଅନଶନ ଯାରି ରଖିବେ ବୋଲି କହିଛନ୍ତି । ଏ ସମ୍ପର୍କରେ ସେମାନେ ପ୍ରଧାନମନ୍ତ୍ରୀ, ରାଜ୍ୟର ମୁଖ୍ୟମନ୍ତ୍ରୀ, ୫ଟି ସଚିବ, ରାଜ୍ୟ ଶିଳ୍ପ ଓ ଶ୍ରମ ମନ୍ତ୍ରୀ, ଜିଲ୍ଲାପାଳ, ପାରାଦୀପ ବିଧାୟକ ସମେତ ଅନ୍ୟ ମାନଙ୍କୁ ପତ୍ର ମାଧ୍ୟମରେ ଦୃଷ୍ଟି ଆକର୍ଷଣ କରିଛନ୍ତି ।

## ସ୍ୱତନ୍ତ୍ର କୋଶଳ ରାଜ୍ୟ ଦାବିରେ ପଶ୍ଚିମ ଓଡ଼ିଶା ମହା ବନ୍ଦ ପାଳନ

ବଲାଙ୍ଗିର, (ପି.ଏନ): ବଲାଙ୍ଗିର ସହରରେ ସ୍ୱତନ୍ତ୍ର କୋଶଳ ରାଜ୍ୟ ଦାବୀ ନେଇ ଆଜି ୧୨ ଘଂଟିଆ ମହାବନ୍ଦ ପାଳନ କରାଯାଇଛି । ସହର ମଧ୍ୟରେ ଦୋକନ ବଜାର ଠପ୍ ହୋଇପଡ଼ିଥିବା ବେଳେ ସ୍ଥାନୀୟ ଲୋକେ ସ୍ୱତଃ ଏହି ମହାବନ୍ଦକୁ ସମର୍ଥନ କରୁଥିବା ଦେଖିବାକୁ ମିଳିଛି । ଏହି କିଛିଦିନ ତଳେ ସ୍ୱତନ୍ତ୍ର କୋଶଳ ରାଜ୍ୟ ଦାବୀ ନେଇ ପଶ୍ଚିମ ଓଡିଶାର ବହୁ ସଂଗଠନ ବିଧାନସଭା ଘେରାଉ କରିଥିବା ବେଳେ ନିକଟରେ ଅର୍ଥନୈତିକ ଅବରୋଧ ମଧ୍ୟ କରାଯାଇଥିଲା । କୋଶଳ ରାଜ୍ୟ ମୁକ୍ତି ମୋର୍ଚ୍ଚା ପକ୍ଷରୁ ଆଜିର ମହାବନ୍ଦ ଡାକରା ଦିଆଯାଇଥିବା ବେଳେ ବଲାଙ୍ଗିରର ବହୁ ସଂଗଠନ ଏହାକୁ ସମର୍ଥନ କରିଥିବା ସୂଚନା ମିଳିଛି । ତେବେ ଆଜି ସ୍ଥାନୀୟ କଚେରି ଛକରେ ମହାବନ୍ଦ ଅବସରରେ ଏକ ସଧାରଣ ସଭା ଆୟୋଜିତ ହୋଇ ବିଭିନ୍ନ କୋଶଲ ବାଦୀ ନେତା ସ୍ୱତନ୍ତ୍ର ରାଜ୍ୟର ଆବଶ୍ୟକତା ଆବଶ୍ୟକତା କାହିଁକି ସେ ସମ୍ପର୍କରେ ଯୁକ୍ତି ବାଢିଥିଲେ ଏହି ଅଂଚଳରେ ଖଣି ଖାଦାନ ପ୍ରାକୃତିକ ବିଭବ ଭରପୁର ରହିଛି, ଏଠାରୁ ସମ୍ପତି ନେଇ ଉପକୂଳରେ ବ୍ୟବସାୟୀ ଅଧିକାରୀ ମାନଙ୍କ ଅବସ୍ଥାରେ ଉନ୍ନତି ହେଉଥିବା ବେଳେ ଏଠାରେ ଗରୀବି ଦିନକୁ ଦିନ ବଢୁଥିବା ବେଳେ ବେକାରୀ ବଢୁଚି ବୋଲି ମତ ଦେଇଥିଲେ ।

## ଶ୍ରୀମନ୍ଦିରରେ ମହାପ୍ରଭୁଙ୍କ ବାମନ ବେଶ

ପୁରୀ, (ପି.ଏନ): ଭାଦ୍ରବ ମାସ ଶୁକ୍ଳ ପକ୍ଷ ଦ୍ୱାଦଶୀ ତିଥିରେ ଶ୍ରୀମନ୍ଦିରରେ ଶ୍ରୀଜଗନ୍ନାଥଙ୍କ ବାମନ ବେଶ ଅନୁଷ୍ଠିତ ହୋଇଯାଇଛି । ଆଜି ଭଗବାନ ବାମନଙ୍କର ଜନ୍ମୋତ୍ସବ। ଶ୍ରୀଜଗନ୍ନାଥ ହେଉଛନ୍ତି ସ୍ୱୟଂ ମହାବିଷ୍ଣୁ। ଏହି ବିଷ୍ଣୁ ତାଙ୍କର ପଂଚମ ଅବତାରରେ ବାମନ ରୂପେ ଆବିର୍ଭୂତ ହୋଇଥିଲେ। ଏହି ଉପଲକ୍ଷେ ଶ୍ରୀମନ୍ଦିରରେ ବାମନଙ୍କ ଜନ୍ମୋତ୍ସବ ନୀତି ଓ ଦ୍ୱିପ୍ରହର ଧୂପ ଶେଷ ହେବା ପରେ ଜଗନ୍ନାଥ ମହାପ୍ରଭୁ ବାମନ ବେଶ ଧାରଣ କରିଥିଲେ। ସୁଭଦ୍ରା ସାଧାରଣ ବେଶ ଓ ଶ୍ରୀବଳଭଦ୍ର ରାଜ ବେଶରେ ଦୃଶ୍ୟମାନ ହେବା ସଙ୍ଗେ ସଙ୍ଗେ ଶ୍ରୀଜଗନ୍ନାଥ ମହାପ୍ରଭୁ ଶ୍ରୀଭୁଜ, ଶ୍ରୀପୟର ଓ ସ୍ୱର୍ଣ୍ଣ କିରୀଟରେ ଆଭୂଷିତ ହୋଇଥିଲେ । ମହାପ୍ରଭୁ ଶ୍ରୀଭୁଜର ବାମ ହସ୍ତରେ ଛତା ଓ ଡାହାଣ ହସ୍ତରେ କୁଶବଟୁ ଗଡୁ ଧରି ଏକ ବାମନରୂପୀ ନୈଷ୍ଠିକ ବ୍ରାହ୍ମଣ ବେଶରେ ସଜ୍ଜିତ ହୋଇଥିଲେ । ପୁଷ୍ପାଳକ ସେବକମାନେ ଶ୍ରୀଜଗନ୍ନାଥ ମହାପ୍ରଭୁଙ୍କୁ ଏପରି ବେଶ କରିଥିଲେ । ଯାହାକି ପ୍ରତୀୟମାନ ହେଉଥିଲା ସତେ ଯେପରି ଜଗନ୍ନାଥ ମହାପ୍ରଭୁ ସ୍ୱୟଂ ଏକ ବାମନ ବା କ୍ଷୁଦ୍ରକାୟ ବିପ୍ର। ବାମନ ବେଶରେ ଠାକୁରଙ୍କୁ ଲାଗି କରାଯାଉଥିବା ସ୍ୱର୍ଣ୍ଣ ଅଳଙ୍କାର ଇତ୍ୟାଦି ବେଶ ଦିବସ ପୂର୍ବରୁ ରତ୍ନଭଣ୍ଡାରରୁ କଢାଯାଇ ଭଣ୍ଡାର ମେକାପ ସେବକଙ୍କ ମାରଫତ୍ ରେ ରଖାଯାଇଥିଲା ।ରଥଯାତ୍ରା ସମୟରେ ଶ୍ରୀଜଗନ୍ନାଥ ମହାପ୍ରଭୁଙ୍କୁ ବାମନ ଭାବରେ ବର୍ଣ୍ଣନା କରାଯାଇଛି ‘ରଥେତ୍ୱଂ ବାମନଂ ଦୃଷ୍ଟ୍ୱା ପୁନର୍ଜନ୍ମ ନ ବିଦ୍ୟତେ ‘। ଜଗନ୍ନାଥଙ୍କର ହସ୍ତପଦ ବିହୀନ ଅବୟବକୁ ଦର୍ଶନ କଲେ ସେ ସ୍ୱତଃ ବାମନ ଭଳି ଦେଖାଯାନ୍ତି। ପୌରାଣିକ ଉପାଖ୍ୟାନ ଅନୁସାରେ, ଏହିଦିନ ଏକ ଶୁଭ ମୂହୁର୍ତରେ ଭଗବାନ ବିଷ୍ଣୁ ଏକ ଦିବ୍ୟ, ଜ୍ୟୋତିର୍ମୟ ବାମନ ବାଳକ ରୂପରେ ଧରିତ୍ରୀରେ ଅବତରଣ କରିଥିଲେ। ଏଣୁ ନୃସିଂହ ଚତୁର୍ଦ୍ଦଶୀ ଓ ଶ୍ରୀକୃଷ୍ଣ ଜନ୍ମାଷ୍ଟମୀ ଉତ୍ସବ ପରି ଶ୍ରୀମନ୍ଦିରରେ ଭାଦ୍ରବ ମାସ ଶୁକ୍ଳ ପକ୍ଷ ଦ୍ୱାଦଶୀ ଦିନ ବାମନ ଜନ୍ମ ମହାସମାରୋହରେ ପାଳିତ ହୋଇଥାଏ। ଏଠାରେ ଉଲ୍ଲେଖଯୋଗ୍ୟ, ଗତକାଲି ଶ୍ରୀମନ୍ଦିରରେ ଭାଦ୍ରବ ଶୁକ୍ଳ ଏକାଦଶୀ ତଥା ପାର୍ଶ୍ୱ ପରିବର୍ତନ ଏକାଦଶୀ ଅନୁଷ୍ଠିତ ହୋଇଥିଲା । ମହାପ୍ରଭୁ ୪ ମାସ ଶୟନ କାଳରେ ୨ ମାସରେ ପାର୍ଶ୍ୱ ପରିବର୍ତନ କରିଥାନ୍ତି।

## ହରିଚନ୍ଦନପୁରରେ ଅହିଂସା ରଥ

ଭଗାମୁଣ୍ଡା,(ପି.ଏନ):ମହାତ୍ମା ଗାନ୍ଧୀଙ୍କ ଅହିଂସା ନୀତିର ପ୍ରଚାର ଏବଂ ଜନସାଧାରଣଙ୍କ ମଧ୍ୟରେ ଦେଶ ପ୍ରେମ ସୃଷ୍ଟି ପାଇଁ ରାଜ୍ୟ ପରିକ୍ରମା କରୁଥିବା ଅହିଂସା ରଥକୁ ହରିଚନ୍ଦନପୁରରେ ଭବ୍ୟ ସ୍ୱାଗତ କରାଯାଇଛି । ଗାନ୍ଧୀ ଛକରେ ବ୍ଲକ ଅଧକ୍ଷା ସୁନେଲୀ ନାଏକ, ବିଡିଓ ପ୍ରଭୂକଲ୍ୟାଣ ଦାସ, ରାଜ୍ୟ ବିଜେଡି ସାଧାରଣ ସମ୍ପାଦକ ଧନୁର୍ଜୟ ସିଦ୍ଧୁ, ଜିଲ୍ଲାପରିଷଦ ସଭ୍ୟ ଲକ୍ଷ୍ମୀଧର କିସାନ, ତହସିଲଦାର ପ୍ରଶାନ୍ତ କୁମାର ସେଠୀ, ଥାନାଧିକାରୀ ଦେବକୀ ନାଏକ, ସିଡିପିଓ ପ୍ରବୀଣା ନାଏକ, ଏବିଡିଓ ବିପ୍ରଚରଣ ପ୍ରଧାନ, ସମିତିସଭ୍ୟ ଦମୟନ୍ତୀ ମୁଣ୍ଡା, ପିଟାପିଟି ସମିତିସଭ୍ୟ ବନିତା ନାୟକ, ହରିଚନ୍ଦନପୁର ହାଇସ୍କୁଲ ପ୍ରଧାନଶିକ୍ଷକ ଭାସ୍କର ଚନ୍ଦ୍ର ମହାନ୍ତ, ପୁରାତନଛାତ୍ର ସଂସଦ ସଭାପତି ଶରତ ଚନ୍ଦ୍ର ବିଶ୍ୱାଳ ପ୍ରମୁଖ ଏହି ରଥକୁ ସ୍ୱାଗତ କରିଥିଲେ । ଆଦିବାସୀ ନୃତ୍ୟର ତାଳେ ତାଳେ ଅହିଂସା ରଥକୁ ଗାନ୍ଧୀ ଛକ ଠାରୁ ହାଇସ୍କୁଲ ପଡିଆ ପର୍ଯ୍ୟନ୍ତ ଏକ ଶୋଭାଯାତ୍ରାରେ ନିଆଯାଇଥିଲା । ଶୋଭାଯାତ୍ରାରେ ଶତାଧିକ ଏସ୍‌ଏଚ୍‌ଜି ସଦସ୍ୟା,ଛାତ୍ରଛାତ୍ରୀ ଓ ଜନସାଧାରଣ ସାମିଲ ହୋଇଥିଲେ।

## ‘ଗାଁ କୁ ଗାଁ - ଘରକୁ ଘର’ କାର୍ଯ୍ୟକ୍ରମ ଶୁଭାରମ୍ଭ

କେନ୍ଦୁଝର,(ପି.ଏନ): ବ୍ୟାପକ ବନୀକରଣ ସହ ଲୋକଙ୍କୁ ଆତ୍ମନିର୍ଭରଶୀଳ କରିବା ପାଇଁ ‘ଗାଁ କୁ ଗାଁ -ଘର କୁ ଘର’ ଚାରାରୋପଣ କାର୍ଯ୍ୟକ୍ରମ ଗୁରୁବାର ଦିନ ବସନ୍ତପୁର ହାଇସ୍କୁଲ ରେ ଶୁଭାରମ୍ଭ ହୋଇଛି। ଝୁମ୍ପୁରା ବ୍ଲକ ଅନ୍ତର୍ଗତ ବସନ୍ତପୁର ପଂଚାୟତ ନଇବୁଗା ଠାରେ ଥିବା ନଇବୁଗା ଆଇରନ ଏଣ୍ଡ ମାଙ୍ଗାନିଜ ମାଇନ୍ସ ମେସର୍ସ ତାରିଣୀ ପ୍ରସାଦ ମହାନ୍ତି ଆନୁକୂଲ୍ୟରେ ଏହି କାର୍ଯ୍ୟକ୍ରମ ଶୁଭାରମ୍ଭ ହୋଇଛି। ଏହି ଅଭିଯାନରେ ମାଗଣାରେ ବିଭିନ୍ନ ଚାରା ସହିତ ଫଳ ଉତ୍ପାଦନକାରୀ ଚାରା ବଣ୍ଟନ କରାଯିବ। ଚମ୍ପୁଆ ରେ ସହଯୋଗରେ ଫଳ ଜାତୀୟ ଚାରା ବିଶେଷ କରି ପିଜୁଳି,ଆମ୍ବ,ଲେମ୍ବୁ,ଜାମୁ,ଅମୃତ ଭଣ୍ଡା.ସଜନା,ଅଁଳା,ତେନ୍ତୁଳି ଆଦି ଚାରା ବଣ୍ଟନ କରାଯାଇଥିଲା। ଏହି ଉପଲକ୍ଷେ ବନୀକରଣ ଦ୍ୱାରା ଏହାର ଉପାଦେୟତା ଉପରେ ଲୋକମାନଙ୍କୁ ସଚେତନତା କରାଯାଇଥିଲା। ପ୍ରତ୍ୟେକ ଲୋକ ନିଜ ନିଜ ବାଡିରେ ଗୋଟିଏ ଗୋଟିଏ ଗଛ ଲଗାଇବାକୁ ପରାମର୍ଶ ଦିଆଯାଇଥିଲା। ଏହି ଚାରା ବଣ୍ଟନ କାର୍ଯ୍ୟକ୍ରମରେ ବସନ୍ତପୁର ପଂଚାୟତର ସରପଂଚ ଗୁରୁବା ମୁଣ୍ଡା,ପୂର୍ବତନ ସଦର ବିଧାୟକ ଅଭିରାମ ନାୟକ,ସମିତି ସଭ୍ୟ ସସ୍ମିତା ଗିରି,ନାଏବ ସରପଂଚ ସିଲାବତୀ ମାଝୀ ପ୍ରମୁଖ ଉପସ୍ଥିତ ରହି କାର୍ଯ୍ୟକ୍ରମକୁ ଶୁଭାରମ୍ଭ କରିଥିଲେ।

## ଜାତିସଂଘ ପକ୍ଷରୁ କିସ୍‌କୁ ବିଶ୍ୱର ଶ୍ରେଷ୍ଠ ସାକ୍ଷରତା ପୁରସ୍କାର



ଭୁବନେଶ୍ୱର, (ପି.ଏନ): ଆଜି କିସ୍ ସମେତ ସମଗ୍ର ବିଶ୍ୱରେ ଆନ୍ତର୍ଜାତିକ ସାକ୍ଷରତା ଦିବସ ପାଳିତ ହେଉଥିବା ବେଳେ କିସ୍‌କୁ ମିଳିଛି ବିଶ୍ୱସ୍ତରରେ ସର୍ବଶ୍ରେଷ୍ଠ ଶିକ୍ଷା ସମ୍ମାନ। ଶିକ୍ଷା କ୍ଷେତ୍ରରେ ଉଲ୍ଲେଖନୀୟ କାର୍ଯ୍ୟ ସକାଶେ କିସ୍‌କୁ ମିଳିଛି ସମ୍ମାନଜନକ ୟୁନେସ୍କୋ ଇଣ୍ଟରନ୍ୟାସ୍‌ନାଲ୍ ଲିଟେରାସି ପୁରସ୍କାର- ୨୦୨୨। ଆଜି ଆଫ୍ରିକାର ଡି ଆଇଭୋର କୋଷ୍ଟଠାରେ ୟୁନେସ୍କୋ ପକ୍ଷରୁ ଅନୁଷ୍ଠିତ ପୁରସ୍କାର ବିତରଣ ଉତ୍ସବରେ କିସ୍‌ର ପ୍ରତିନିଧି ଏହି ପୁରସ୍କାର ଗ୍ରହଣ କରିଥିଲେ। ପୁରସ୍କାର ବାବଦରେ କିସ୍‌କୁ ୨୦ ହଜାର ଆମେରିକୀୟ ଡଲାର ଓ ମେଡାଲ୍ ଓ ପ୍ରଶସ୍ତିପତ୍ର ପ୍ରଦାନ କରଯାଇଥିଲା। ଏହି ଅନ୍ତର୍ଜାତୀୟ ଶିକ୍ଷା ପୁରସ୍କାର ପାଇବାରେ କିସ୍ ବିଶ୍ୱର ପ୍ରଥମ ଜନଜାତି ଅନୁଷ୍ଠାନ ହୋଇଥିବା ବେଳେ ଭାରତର ସମସ୍ତ ଘରୋଇ ଓ ସରକାରୀ ଅନୁଷ୍ଠାନ କ୍ଷେତ୍ରରେ ୫ମ ଅନୁଷ୍ଠାନ ଓ ତୃତୀୟ ଏନ୍‌ଜିଓ। ଏହା ଓଡିଶା ତଥା ଭାରତ ପାଇଁ ଗର୍ବ ଓ ଗୌରବର ବିଷୟ। ଆଜି ଅନ୍ତର୍ଜାତୀୟ ସାକ୍ଷରତା ଦିବସ ପାଳନ ଅବସରରେ କିସ୍‌ର ୩୦ ହଜାର ଛାତ୍ରଛାତ୍ରୀ ଏହି ଖୁସିରେ ଉତ୍ସବ ମନାଇଥିଲେ। ଶ୍ରୀ ସାମନ୍ତ ସମସ୍ତ ଛାତ୍ରଛାତ୍ରୀଙ୍କୁ ଲଡୁ ବଣ୍ଟନ ସହ ଶୁଭେଚ୍ଛା ଜଣାଇଥିଲେ। ଶିକ୍ଷାବିତ୍ ଓ ସମାଜସେବୀ ଅଚ୍ୟୁତ ସାମନ୍ତଙ୍କ ଦ୍ୱାରା ପ୍ରତିଷ୍ଠିତ କିସ୍ ହେଉଛି ବିଶ୍ୱର ସର୍ବବୃହତ ଆବାସିକ ଓ ଜନଜାତି ଶିକ୍ଷାନୁଷ୍ଠାନ। କିସ୍‌ରେ ଅଧ୍ୟୟନରତ ୩୦ହଜାର ଜନଜାତି ଛାତ୍ରଛାତ୍ରୀ ଓ ଊର୍ଦ୍ଧ୍ୱ ୪୦ହଜାର ପୁରାତନ ଛାତ୍ରଛାତ୍ରୀଙ୍କୁ ସେମାନଙ୍କର ସାମଗ୍ରିକ ବିକାଶ, ଧନ୍ଦାମୂଳକ ତାଲିମ ଓ କ୍ରୀଡାରେ ଉତ୍କର୍ଷତା ପ୍ରତିପାଦନ ନିମନ୍ତେ ସମସ୍ତ ପ୍ରକାର ସୁଯୋଗ ଯୋଗାଇ ଦେଉଛି। ୧୯୯୩ ମସିହାରେ ୧୨୫ଜଣ ଛାତ୍ରଛାତ୍ରୀଙ୍କୁ ନେଇ ଆରମ୍ଭ ହୋଇଥିବା ଏହି ଛୋଟିଆ ଅନୁଷ୍ଠାନ ଆଜି ବିଶ୍ୱର ସର୍ବବୃହତ ଜନଜାତି ଆବାସିକ ଶିକ୍ଷାନୁଷ୍ଠାନରେ ପରଣିତ ହୋଇଛି। ୨୦୧୫ ମସିହାରୁ କିସ୍ ଜାତିସଂଘର ଅର୍ଥନୈତିକ ଓ ସାମାଜିକ ପରିଷଦ ଦ୍ୱାରା ସ୍ପେସିଆଲ୍ କନ୍‌ସଲ୍‌ଟେଟିଭର ମାନ୍ୟତା ପାଇଛି। ଏହାଛଡ଼ା ଜାତିସଂଘର ବିଭିନ୍ନ ସଂସ୍ଥା ଓ ବିଭିନ୍ନ ଆନ୍ତର୍ଜାତିକ ସଂସ୍ଥା ସହ କିସ୍‌ର ସହବନ୍ଧନ ରହିଆସିଛି।


ADMISSION OPEN
MAHARISHI PLAY SCHOOL
A Great Place to Grow @ mps
PLAY GROUP (2+)
NURSERY (3+)
LKG, UKG, STD-I TO V



FIND THE DIFFERENCE
●Surveillance through CCTV Camera ●Small Classes ●Congenial Environment ●Intimate, Safe & Secured Place ●Experienced & loving teachers ●Individual attention to each child ●Spacious Playground ●AC Activity Room ●Transport Facilities

TUITION CLASSES
for Std I to Std V
Timing: 5 PM to 6.30 PM

MAHARISHI PUBLIC SCHOOL
N4-F/24, IRC Village, Nayapalli,
Bhubaneswar, Phone: 0674-2558884,2550786
E-mail: maharishipublic13@gmail.com
25% Seats reserved in Std. 1 under RTE Act


## ବିଶ୍ୱ ଫିଜିଓ ଥେରାପି ଦିବସ ପାଳିତ, ଅତ୍ୟାଧୁନିକ ପୁନର୍ବାସ କେନ୍ଦ୍ରର ଅଧିକ ଉନ୍ନତି କରଣ କରାଯିବ : ଜିଲ୍ଲାପାଳ




କେନ୍ଦୁଝର,(ପି.ଏନ):କେନ୍ଦୁଝର ଜିଲ୍ଲା ପ୍ରଶାସନ ଆନୁକୂଲ୍ୟରେ ଚଳିତ ସେପ୍ଟେମ୍ବର ୮ ତାରିଖ ଗୁରୁବାର ଦିନ ରାଙ୍କି ସ୍ଥିତ ଅତ୍ୟାଧୁନିକ ପୁନର୍ବାସ କେନ୍ଦ୍ର ଠାରେ ବିଶ୍ୱ ଫିଜିଓ ଥେରାପି ଦିବସ ପାଳିତ ହୋଇଯାଇଛି । ଏହି ଉପଲକ୍ଷେ ଆୟୋଜିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଯୋଗ ଦେଇ ଜିଲ୍ଲାପାଳ ଆଶିଷ ଠାକରେ କହିଥିଲେ ଯେ ଅତ୍ୟାଧୁନିକ ପୁନର୍ବାସ କେନ୍ଦ୍ରର ଅଧିକ ଉନ୍ନତି କରଣ କରାଯିବ । ଅତ୍ୟାଧୁନିକ ପୁନର୍ବାସ କେନ୍ଦ୍ରରେ କାର୍ଯ୍ୟ କରୁଥିବା ସମସ୍ତ କର୍ମକର୍ତ୍ତା, କର୍ମଚାରୀ ତଥା ଅନ୍ତେବାସୀ ମାନଙ୍କୁ ବିଶ୍ୱ ଫିଜିଓ ଥେରାପି ଦିବସ ଅବସରରେ ସ୍ୱାଗତ ଓ ଶୁଭେଚ୍ଛା ଜଣାଇ ସମସ୍ତେ ସମାଜ ପାଇଁ କିଛି ମହତ କାର୍ଯ୍ୟ କରିବାକୁ ଆହ୍ୱାନ ଜଣାଇଥିଲେ । ଡିଏମ୍‌ଏଫ୍ ସହଯୋଗରେ ପ୍ରତିଷ୍ଠା ହେବା ଦିନ ଠାରୁ ଏ ପର୍ଯ୍ୟ ଏହି ପୁନର୍ବାସ କେନ୍ଦ୍ର ମହନୀୟ ସେବା ଯୋଗାଇ ଆସୁଛି ଏବଂ ଏହାର କର୍ମକର୍ତ୍ତା ଓ ବୈଷୟିକ କର୍ମଚାରୀ ମାନଙ୍କ ଅବଦାନ ଉଲ୍ଲେଖନୀୟ । ଫିଜିଓ ଥେରାପିର ଉପାଦେୟତା ସମ୍ପର୍କରେ ଆଲୋକପାତ କରି ଏହି କେନ୍ଦ୍ର ଦ୍ୱାରା ଅନେକ ଲୋକ ଉପକୃତ ହୋଇ ସକ୍ଷମ ଏବଂ ସ୍ୱାବଲମ୍ବୀ ହୋଇ ପାରିଛନ୍ତି ବୋଲି ଜିଲ୍ଲାପାଳ କହିଥିଲେ । ଏହି କେନ୍ଦ୍ରରେ ଫିଜିଓ ଥେରାପି ଦ୍ୱାରା ଚିକିତ୍ସା କରାଯାଇ ଆବଶ୍ୟକ ସ୍ଥଳେ ରୋଗୀ ମାନଙ୍କୁ କୃତ୍ରିମ ଅଙ୍ଗ ପ୍ରତ୍ୟଙ୍ଗ ଏବଂ ହ୍ୱିଲ ଚେୟାର ପ୍ରଦାନ କରାଯାଉଛି । କେବଳ କେନ୍ଦୁଝର ଜିଲ୍ଲା ନୁହେଁ ବାହାର ଜିଲ୍ଲାର ରୋଗୀ ମଧ୍ୟ ଏହି କେନ୍ଦ୍ର ଜରିଆରେ ସେବା ପାଉଛନ୍ତି ବୋଲି କହିଥିଲେ ଜିଲ୍ଲାପାଳ । ଭିନ୍ନକ୍ଷମ ମାନଙ୍କର ସଶକ୍ତିକରଣ ପାଇଁ ରାଜ୍ୟ ସରକାର ଅନେକ ପଦକ୍ଷେପ ନେଉଛନ୍ତି । ଏ ସମ୍ପର୍କିତ ବିଭିନ୍ନ ଯୋଜନାକୁ କାର୍ଯ୍ୟକାରୀ କରିବା ପାଇଁ ଜିଲ୍ଲାରେ ପଦକ୍ଷେପ ନିଆଯାଉଛି ବୋଲି କହିଥିଲେ । ଭବିଷ୍ୟତରେ କିପରି ଫିଜିଓ ଥେରାପି ଆବଶ୍ୟକ କରୁଥିବା ଏବଂ କୃତ୍ରିମ ଅଙ୍ଗ ପ୍ରତ୍ୟଙ୍ଗ ଆବଶ୍ୟକ କରୁଥିବା ରୋଗୀ ମାନଙ୍କୁ ଚିହ୍ନଟ କରି ଏହି କେନ୍ଦ୍ର ମାଧ୍ୟମରେ ସେବା ଯୋଗାଇ ଦେବା ଉପରେ ଗୁରୁତ୍ୱାରୋପ କରିଥିଲେ । ଜିଲ୍ଲାପରିଷଦର ମୁଖ୍ୟ ଉନ୍ନୟନ ଅଧିକାରୀ ତଥା ନିର୍ବାହୀ ଅଧିକାରୀ ବିଷ୍ଣୁ ପ୍ରସାଦ ଆଚାର୍ଯ୍ୟ ଉଦ୍‌ବୋଧନ ଦେଇଥିଲେ । ଜିଲ୍ଲା ହସ୍‌ପିଟାଲର ଫିଜିଓ ଥେରାପି ବିଭାଗର ଡାଃ ଶୈଳେସ କୁମାର ନିଜ ବକ୍ତବ୍ୟରେ ଅପରେସନ୍ ପରେ କିପରି ରୋଗୀ ସକ୍ଷମ ହୋଇ ପାରିବ ଏବଂ ଏ କ୍ଷେତ୍ରରେ ଫିଜିଓ ଥେରାପିର ଆବଶ୍ୟକତା ଉପରେ ଆଲୋକପାତ କରିଥିଲେ । ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ ଜଗବନ୍ଧୁ ମୋଦୀ ପ୍ରାରମ୍ଭରେ ସମସ୍ତଙ୍କୁ ସ୍ୱାଗତ ସମ୍ଭାଷଣ କରି ବିଶ୍ୱ ଫିଜିଓ ଥେରାପି ଦିବସ ସମ୍ପର୍କରେ ଅବତାରଣା କରିଥିଲେ । କେନ୍ଦୁଝର ମେଡିକାଲ କଲେଜର ଅସ୍ଥିଶଲ୍ୟ ବିଭାଗର ପ୍ରଫେସର ଡାଃ ସୋରେନ୍ ଏବଂ ଡିପିଏମ୍ ଏନ୍‌ଏଚଏମ୍ ନିତ୍ୟ ରନ ବରାଳ ଅତିଥି ଭାବେ ଏହି କାର୍ଯ୍ୟକ୍ରମରେ ଯୋଗ ଦେଇଥିଲେ । ଏହି ଅବସରରେ ଡିଏମ୍‌ଏଫ୍ ସହଯୋଗରେ ୧୦ ଜଣ ଭିନ୍ନକ୍ଷମ ହିତାଧିକାରୀ ମାନଙ୍କୁ ମୋଟୋରାଇଜଡ୍ ହ୍ୱିଲ ଚେୟାର, ଦୁଇଜଣ ହିତାଧିକାରୀଙ୍କୁ ହାଇ ଏଣ୍ଡ ଲିମ୍ବ ଏବଂ ୮ ଜଣ ହିତାଧିକାରୀଙ୍କୁ କୃତ୍ରିମ ଅଙ୍ଗ ପ୍ରଦାନ କରାଯାଇଥିଲା । ଡିଏମ୍‌ଏଫ୍ ଟିମ୍ ହେଡ୍ ନିର୍ମଳ ଯୋଶୀ, ବରିଷ୍ଠ ପ୍ରକଳ୍ପ ଅଧିକାରୀ ମୃଣାଳିନୀ ମନୱାଡକର ଏବଂ ଡିଏମ୍‌ଏଫ୍ ଟିମ୍‌ର ଅନ୍ୟ ସଦସ୍ୟ କାର୍ଯ୍ୟକ୍ରମ ଆୟୋଜନ ଓ ପରିଚାଳନାରେ ସହଯୋଗ କରିଥିଲେ ।


Printed & Published by Budhadev Mohapatra on behalf of Hiranmayee Media Pvt. Ltd. & Printed at Mayur Offset Printers, Plot No. D-1/1, Mancheswar Industrial Estate, Bhubaneswar-751010 & Published at N-4, F/24, IRC Village, Nayapalli, Bhubaneswar, Dist-Khordha, Pin-751015, Phone : (0674© 2550751/2555116, Fax No. : 2550504, E-mail :editorpbkc@gmail.com, paryabekhyak@gmail.com
ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray